୨୭ତମ ପ୍ରତିଷ୍ଠା ଦିବସ ସମାରୋହ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବର କାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK ପର୍ଯ୍ୟବେକ୍ଷକ

Vol.26 . No.229 Bhubaneswar Wednesday October 23 2024 | ୨୭ତମ ବର୍ଷ ସଂଖ୍ୟା-୨୨୯ ଭୁବନେଶ୍ୱର, ବୁଧବାର, ଅକ୍ଟୋବର ୨୩, ୨୦୨୪ (୮ ପୃଷ୍ଠା) ମୂଲ୍ୟ-୧.୫୦ ₹ 1.50 (Air Surcharge - 0.50P) Member-INS

## ବାତ୍ୟା ମୁକାବିଲା: ୧୦ ଲକ୍ଷ ଲୋକଙ୍କୁ କରାଯିବ ସ୍ଥାନାନ୍ତର, ଭଟିଣ୍ଡାରୁ ଆସିଲେ ୫ଟି ଏନଡିଆରଏଫ ଟିମ୍



ଭୁବନେଶ୍ୱର,୨୨।୧୦(ପି.ଏନ): ରାଜ୍ୟରେ ସମ୍ଭାବ୍ୟ ବାତ୍ୟା 'ଦାନା' ଭୟଙ୍କର ରୂପ ନେଇ ସ୍ଥଳଭାଗ ଆଡକୁ ମାଡି ଆସୁଥିବାବେଳେ ରାଜ୍ୟ ସରକାର ଜିରୋ କାଜିଆଲିଟି ଉପରେ ଗୁରୁତ୍ୱ ଦେଇଛନ୍ତି। ବାତ୍ୟାକୁ ଦୃଷ୍ଟିରେ ରଖି ରାଜ୍ୟ ସରକାର ୧୦ଲକ୍ଷ ଲୋକଙ୍କୁ ସୁରକ୍ଷିତ ସ୍ଥାନକୁ ସ୍ଥାନାନ୍ତର ପାଇଁ ରୋଡମ୍ୟାପ୍ ପ୍ରସ୍ତୁତ କରିଛନ୍ତି। ଆଜି ରାତିରେ ଭଟିଣ୍ଡାରୁ ହେଲିକପ୍ଟର ଯୋଗେ ୫ଟି ଏନଡିଆରଏଫ ଟିମ୍ ଓଡିଶା ଆସୁଛନ୍ତି। ଏବେସୁଦ୍ଧା ବାତ୍ୟା ପ୍ରଭାବିତ ହେବାକୁ ଥିବା ୧୪ଟି ଜିଲ୍ଲାରେ ୫୧ଟି ଓଡ୍ରାଫ ଟିମ୍?, ୧୭୮ଟି ଅଗ୍ନିଶମ ବାହିନୀ ଟିମ, ୨୦ଟି ଏନଡିଆରଏଫ ଟିମ୍ ମୁତୟନ କରାଯାଇଛି।ଆଜି ରାଜସ୍ୱ ଓ ବିପର୍ଯ୍ୟୟ ପରିଚ୍ାଳନା ମନ୍ତ୍ରୀ ସୁରେଶ ପୂଜାରୀଙ୍କ ଅଧକ୍ଷତାରେ ଅନୁଷ୍ଠିତ ସମ୍ଭାବ୍ୟ ବାତ୍ୟା ମୁକାବିଲା ବୈଠକରୁ ଜଣାପଡିଛି ଯେ, ବଙ୍ଗୋପସାଗରରେ ସୃଷ୍ଟି ହୋଇଥିବା ଲଘୁଚ୍ାପ ଗତ ୩ଘଣ୍ଟା ମଧ୍ୟରେ ଘଣ୍ଟାପ୍ରତି ୬କିମି ବେଗରେ ପଶ୍ଚିମ-ଉତ୍ତର-ପଶ୍ଚିମ ଦିଗରେ ଗତି କରି ଏବେ ପାରାଦୀପଠୁ ପ୍ରାୟ ୭୦୦କିମି ଦକ୍ଷିଣ-ଦକ୍ଷିଣ ପୂର୍ବ, ସାଗରଦୀପ(ପଶ୍ଚିମବଙ୍ଗ)ଠୁ ୭୫୦କିମି ଦକ୍ଷିଣ-ଦକ୍ଷିଣପୂର୍ବ ଏବଂ ଖେପୁପଡା(ବାଂଲାଦେଶ)ରୁ ୭୩୦କିମି ଦକ୍ଷିଣ-ଦକ୍ଷିଣପୂର୍ବ ଦିଗରେ କେନ୍ଦ୍ରୀଭୂତ ହୋଇଛି। ଏହା ୨୪ ତାରିଖ ସକାଳ ସୁଦ୍ଧା ଉତ୍ତର ପଶ୍ଚିମ ବଙ୍ଗୋପସାଗରରେ ଭୟଙ୍କର ସାମୁଦ୍ରିକ ଝଡରେ ପରିଣତ ହୋଇ ୨୪ତାରିଖ ରାତି ଓ ୨୫ତାରିଖ ସକାଳେ ପୁରୀ ଓ ସାଗରଦୀପ ମଧ୍ୟରେ ଉତ୍ତର ଓଡିଶା ଓ ପଶ୍ଚିମବଙ୍ଗ ଉପକୂଳ ଅତିକ୍ରମ କରିବାର ସମ୍ଭାବନା ରହିଛି। ଏହାର ପ୍ରଭାବରେ ୧୦୦ରୁ ୧୧୦କିମି ବେଗରେ ପବନ ବୋହିବାର ସମ୍ଭାବନା ରହିଛି।

## ସମ୍ଭାବ୍ୟ ବାତ୍ୟା : ୬ ଜିଲ୍ଲାକୁ ଗଲେ ୬ ବରିଷ୍ଠ ଆଇଏଏସ୍, ତଦାରଖ କରିବେ




ଭୁବନେଶ୍ୱର,୨୨।୧୦(ପି.ଏନ): ରାଜ୍ୟରେ ସମ୍ଭାବ୍ୟ ବାତ୍ୟା 'ଦାନା' ଭୟଙ୍କର ରୂପ ନେଇ ସ୍ଥଳଭାଗ ଆଡକୁ ମାଡି ଆସୁଥିବାବେଳେ ଏହାର ମୁକାବିଲା ପାଇଁ ରାଜ୍ୟ ସରକାର ଜୋରଦାର ପ୍ରସ୍ତୁତି ଆରମ୍ଭ କରିଛନ୍ତି । ପ୍ରଭାବିତ ହେବାକୁ ଥିବା ୬ଟି ଜିଲ୍ଲାକୁ ୬ଜଣ ବରିଷ୍ଠ ଆଇଏଏସଙ୍କୁ ପଠାଯାଇଛି, ଯେଉଁମାନେକି ପୂର୍ବରୁ ସମ୍ପୃକ୍ତ ଜିଲ୍ଲାର ଜିଲ୍ଲାପାଳ ଭାବେ କାର୍ଯ୍ୟ କରିସାରିଛନ୍ତି ।

## ୱକଫ୍ ବିଲ୍‌କୁ ନେଇ ବିଜେପି-ଟିଏମ୍‌ସି ମୁହାଁମୁହିଁ, ଭାଙ୍ଗିଲେ କାଚ୍ ବୋତଲ

ଭୁବନେଶ୍ୱର,୨୨।୧୦(ପି.ଏନ): ୱକଫ ବିଲ୍‌କୁ ନେଇ ଜେପିସି ବୈଠକରେ ହଙ୍ଗାମା। ମୁହାଁମୁହିଁ ହେଲେ ବିଜେପି ଓ ଟିଏମ୍‌ସି। ରାଗିଗଲେ ତୃଣମୂଳ ସାଂସଦ କଲ୍ୟାଣ ବାନାର୍ଜୀ। ରାଗିଯାଇ ଭାଙ୍ଗି ଦେଲେ କାଚ୍ ବୋତଲ। ଏଥିରେ ସେ ଗୁରୁତର ଆହତ ହୋଇଛନ୍ତି। ତାଙ୍କ ହାତରେ ଆଘାତ ଲାଗିଛି।ଆଜି ୱକଫ୍ ବିଲ୍‌କୁ ନେଇ ସଂସଦ ପରିସରରେ ସଂଯୁକ୍ତ ସଂସଦୀୟ କମିଟି ବୈଠକ ବସିଥିଲା। ଏଥିରେ ତୃଣମୂଳ କଂଗ୍ରେସ ନେତା କଲ୍ୟାଣ ବାନାର୍ଜୀ ଓ ବିଜେପି ସାଂସଦ ଅଭିଜିତ ଗଙ୍ଗୋପାଧ୍ୟାୟଙ୍କ ମଧ୍ୟରେ ଜୋରଦାର ଝଗଡା ହୋଇଛି। ଏଥିରେ କଲ୍ୟାଣ ବାନାର୍ଜୀ ରାଗି ଯାଇ ପାଖରେ ରଖାଯାଇଥିବା ପାଣିର କାଚ୍ ବୋତଲକୁ ଭାଙ୍ଗି ଦେଇଛନ୍ତି। ଫଳରେ ତାଙ୍କ ହାତରେ ଆଘାତ ଲାଗିଛି। ତାଙ୍କୁ ହସ୍ପିଟାଲ ନିଆଯାଇଛି। ତାଙ୍କ ହାତରେ ୪ଟି ଷ୍ଟିଚ୍ ପଡିଛି।

## ଭିଜିଲାନ୍ସ ଜାଲରେ ମୁଖ୍ୟଯନ୍ତ୍ରୀ, ପୈତୃକ ଘର ସମେତ ଏକକାଳୀନ ୧୦ଟି ସ୍ଥାନରେ ଭିଜିଲାନ୍ସ ରେଡ୍

କଟକ,୨୨।୧୦(ପି.ଏନ): ଭିଜିଲାନ୍ସ ଜାଲରେ ପଡିଛନ୍ତି ଆଉ ଜଣେ କୁବେର ଯନ୍ତ୍ରୀ । ଆୟ ବର୍ହିଭୂତ ସମ୍ପତ୍ତି ଠୁଳ ଅଭିଯୋଗରେ କେନ୍ଦୁଝର ବୈତରଣୀ ବେସିନ୍ ମୁଖ୍ୟଯନ୍ତ୍ରୀ କୈଳାସ ଚନ୍ଦ୍ର ସାହୁଙ୍କ ଘରେ ଚ?ଢାଉ କରିଛି ଭିଜିଲାନ୍ସ ବିଭାଗ । ପୈତୃକ ଘର ସମେତ ୧୦ଟି ସ୍ଥାନରେ ଏକକାଳୀନ ରେଡ୍ କରିଛି ଭିଜିଲାନ୍ସ ଟିମ୍ । ଭୁବନେଶ୍ୱର, ପୁରୀ, କଟକ, ଯାଜପୁର, କେନ୍ଦୁଝରରେ ରେଡ୍ ଚାଲିଥିବା ନେଇ ଭିଜିଲାନ୍ସ ବିଭାଗ ସୂଚନା ଦେଇଛି ।ଭୁବନେଶ୍ୱର ସହିଦ ନଗର ୟୁନିଟ୍ ୯ରେ ଥିବା ଜଗନ୍ନାଥ ମ୍ୟାନସନ୍ର ତୃତୀୟ ମହଲାରେ ଥିବା ରେସିଡିସନ୍ସିଆଲ୍ ଫ୍ଲାଟରେ ଚ୍ଢାଉ କରାଯାଇଛି । ଏଥିସହ ଯାଜପୁର ବ୍ୟାସନଗର ସ୍ଥିତ ମା' ତାରିଣୀ ଆପାର୍ଟମେଣ୍ଟ, ଦୋକାନ, କୋରେଇରେ ଥିବା ତିନି ମହଲା କୋଠା, ଷ୍ଟୋର ହାଉସ ସମେତ ପୁରୀ ସଦରରେ ଥିବା ଧର୍ମ ହେଭେନ ଆପାର୍ଟମେଣ୍ଟରେ ଚ?ଢାଉ କରାଯାଇଛି । କେନ୍ଦୁଝର ସ୍ଥିତ ସରକାରୀ ବାସଭବନ, ଅଫିସ୍, କଟକ ରାମକାପୁର ପୈତୃକ ବାସଭବନ, ସାଲେପୁର ବ୍ଲକ ପିକୋଳ ପଞ୍ଚାୟତ ବଣହାର ଗ୍ରାମରେ ଥିବା ଶ୍ୱଶୁର ଘର, ବନ୍ଧୁବାନ୍ଧବଙ୍କ ଘର ଆଦି ସ୍ଥାନରେ ଛାପା ମାରିଛି ଭିଜିଲାନ୍ସ । ବର୍ତ୍ତମାନ ସୁଦ୍ଧା ୩୬ଟି ପ୍ଲଟ୍?, ୩ଟି ଫ୍ଲାଟ୍?, ଯାଜପୁର କୋରେଇରେ ୩ ମହଲା କୋଠା ଏବଂ ଏକ ଗାଡି ଜବତ କରାଯାଇଛି । ତେବେ ଏନେଇ ଅଧିକ ଖୋଳତାଡ଼ ଜାରି ରହିଛି ।

## ପରିବା ମାର୍କେଟରେ ବାତ୍ୟା ! ହଠାତ୍ ବଢିଲା ପରିବା ଦର, ଆଳୁ କିଲୋ ୫୦ ଟଙ୍କା

ଭୁବନେଶ୍ୱର,୨୨।୧୦(ପି.ଏନ): ସମ୍ଭାବ୍ୟ ବାତ୍ୟାକୁ ନେଇ ଚାରିଆଡେ ଭୟର ବାତାବରଣ । ଆଜି ଲଘୁଚ୍ାପ ଅବପାତର ରୂପ ନେଇଥିବା ବେଳେ ଆସନ୍ତାକାଲି ଏହା ବାତ୍ୟାର ରୂପ ନେଇପାରେ ବୋଲି ଅନୁମାନ କରାଯାଉଛି । ତେବେ ଭାରତୀୟ ପାଣିପାଗ ବିଭାଗର କହିବା ଅନୁସାରେ, ଏହା ପୁରୀ ଏବଂ ସାଗର ଦ୍ୱୀପ ମଧ୍ୟରେ ସ୍ଥଳଭାଗ ଛୁଇଁପାରେ । ତେବେ ବାତ୍ୟା ହେଲେ ପରିବା ନମିଳିବା ନେଇ ବର୍ତ୍ତମାନ ଗୁଜବ ସୃଷ୍ଟି ହୋଇଥିବା ବେଳେ ପରିବା ବଜାରରେ ବେଶ୍ ଭିଡ ଦେଖିବାକୁ ମିଳୁଛି । ତେବେ ଗ୍ରାହକଙ୍କ ଚାହିଦାକୁ ଦେଖି ଆଳୁ, ପିଆଜ ଦର ମଧ୍ୟ ବୃଦ୍ଧି କରୁଛନ୍ତି ଦୋକାନୀ । ନମିଳିବା ଭୟରେ ସମସ୍ତେ ବ୍ୟାଗ୍ ଫୁଲ୍ କରି ନେଇଯାଉଛନ୍ତି । ପରିବା ଦର ନିୟନ୍ତ୍ରଣରେ ରହୁଥିବା ବେଳେ ଆଳୁ, ପିଆଜ ଏବଂ ଟମାଟୋ ଦରରେ ଅହେତୁକ ବୃଦ୍ଧି ହୋଇଛି । ଆଳୁ କିଲୋ ୫୦, ପିଆଜ ୭୦ ଏବଂ ଟମାଟୋ କିଲୋ ୧୦୦ ଟଙ୍କାରେ ବିକ୍ରି ହେଉଛି । ଏହାକୁ ନେଇ ଗ୍ରାହକଙ୍କ ମନରେ ଅସନ୍ତୋଷ ମଧ୍ୟ ଦେଖାଯାଉଛି । ଗତକାଲି ୩୦ ଟଙ୍କା ଦର ରହିଥିବା ବେଳେ ଆଜି ଦର ୫୦ ଟଙ୍କାରେ ପହଞ୍ଚିଛି ଆଳୁ ଦର ।ସୂଚ୍ନା ଅନୁସାରେ, ସମ୍ଭାବ୍ୟ ବାତ୍ୟା ଉତ୍ତର-ପଶ୍ଚିମ ବଙ୍ଗୋପସାଗରରେ ଓଡିଶା-ପଶ୍ଚିମବଙ୍ଗ ଉପକୂଳ ଅତିକ୍ରମ କରିବ । ୨୪ ରାତି କିମ୍ବା ୨୫ ସକାଳେ ଏହା ଓଡିଶାରେ ମାଡ ହୋଇପାରେ । ପୁରୀରୁ ପଶ୍ଚିମବଙ୍ଗର ସାଗର ଦ୍ୱୀପ ଅତିକ୍ରମ କରିବା ବେଳେ ପବନର ବେଗ ୧୦୦ରୁ ୧୨୦ କିଲୋମିଟର ରହିପାରେ ।

## ସାକ୍ଷୀ ମଲିକଙ୍କ ଚାଞ୍ଚଲ୍ୟକର ବୟାନ- ବବିତା ଫୋଗାଟଙ୍କ ଇସାରାରେ ହୋଇଥିଲା ଆନ୍ଦୋଳନ



ଭୁବନେଶ୍ୱର,୨୨।୧୦(ପିଏନ):କୁସ୍ତିଯୋଦ୍ଧା ଏବଂ ବିଜେପି ପୂର୍ବତନ ସାଂସଦ ତଥା କୁସ୍ତି ମହାସଂଘ (WFI)ର ପୂର୍ବତନ ସଭାପତି ବ୍ରିଜଭୂଷଣ ଶରଣ ସିଂହଙ୍କ ମଧ୍ୟରେ ଚାଲି ଆସିଥିବା ବିବାଦ ନୂଆ ମୋଡ଼ ନେଇଛି। ଏକ ଜାତୀୟ ଗଣମାଧ୍ୟମକୁ ପ୍ରତିକ୍ରିୟା ଦେଇ ଚାଞ୍ଚଲ୍ୟକର ବୟାନ ଦେଇଛନ୍ତି ରେସଲର ସାକ୍ଷୀ ମଲିକ।ବିଜେପି ନେତା ବବିତା ଫୋଗାଟ କୁସ୍ତିଯୋଦ୍ଧାମାନଙ୍କୁ ବ୍ରିଜଭୂଷଣ ସିଂହଙ୍କ ବିରୋଧରେ ବିରୋଧ ପ୍ରଦର୍ଶନ କରିବାକୁ ଉତ୍ସାହିତ କରିଥିବା ସେ କହିଛନ୍ତି। ବବିତା ଫୋଗାଟ ଡବ୍ଲ୍ୟୁଏଫ୍ଆଇ ସଭାପତି ହେବାକୁ ଚାହୁଁଥିବାରୁ ଏପରି କରିବାକୁ କହିଥିବା ସାକ୍ଷୀ ମଲିକ କହିଛନ୍ତି। କେବଳ ଏତିକି ନୁହେଁ, ସାକ୍ଷାତକାରରେ ଆହୁରି ଚାଞ୍ଚଲ୍ୟକର ବୟାନ ଦେଇଛନ୍ତି ମଲିକ। ସେ କହିଛନ୍ତି, ବବିତା ଫୋଗାଟ ଆମକୁ ଡକାଇ ଫେଡେରେସନ ମଧ୍ୟରେ ନିର୍ଯ୍ୟାତନା ଦିଆଯାଉଥିବା କହି ଆନ୍ଦୋଳନ କରିବାକୁ କହିଥିଲେ। ଆମେ ଭାବିଥିଲୁ ସେ ମଧ୍ୟ ଏହି ପ୍ରତିବାଦରେ ଆମ ସହ ବସି କୁସ୍ତିଯୋଦ୍ଧା ଭାବରେ ଅନ୍ୟାୟ ବିରୁଦ୍ଧରେ ସ୍ୱର ଉତ୍ତୋଳନ କରିବେ। ହେଲେ ସେ ଆମ ସହ ଏତେ ବଡ଼ ଖେଳ ଖେଳିଦେବେ ବୋଲି ଜାଣିନଥିଲୁ।ବାସ୍ତବରେ, ବ୍ରିଜଭୂଷଣଙ୍କ ବିରୁଦ୍ଧରେ ଏହି ଆନ୍ଦୋଳନ କରିବାର ଉଦ୍ଦେଶ୍ୟ ବବିତାଙ୍କର ଥିଲା। କାରଣ ଏଥିରେ ତାଙ୍କର ନିଜସ୍ୱ ଏଜେଣ୍ଡା ଥିଲା। ସେ ଡବ୍ଲ୍ୟୁଏଫ୍ଆଇ ସଭାପତି ହେବାକୁ ଚାହୁଁଥିବାରୁ ଏପରି କରାଇଥିଲେ। କିନ୍ତୁ ଲୋକଙ୍କ ମନରେ ଧାରଣା ସୃଷ୍ଟି ହୋଇଥିଲା ଯେ, କଂଗ୍ରେସ ଏହା ପଛରେ ଅଛି। କିନ୍ତୁ ଏହା ଭୁଲ୍। ପ୍ରକୃତରେ ଦୁଇ ବିଜେପି ନେତା ଆମକୁ ହରିୟାଣାରେ ବିରୋଧ ପ୍ରଦର୍ଶନ କରିବା ପଛରେ ସାହାଯ୍ୟ କରିଛନ୍ତି ବୋଲି ସାକ୍ଷୀ ମଲିକ କହିଛନ୍ତି। ସେ ଆହୁରି କହିଛନ୍ତି ଯେ, ବିରୋଧ ପ୍ରଦର୍ଶନରେ ପ୍ରଥମେ ଭିନେଶ ଫୋଗାଟଙ୍କୁ ମୂଳ ଭାବେ ରଖା ଯାଇନଥିଲା, ତାଙ୍କ ପରାମର୍ଶ କ୍ରମେ ଏହା ଆରମ୍ଭ ହୋଇଥିଲା।

## ଆସୁଛି 'ଦାନା': ବାତ୍ୟା ପାଇଁ ବନ୍ଦ ରହିବ ଶିମିଳିପାଳ

ଭୁବନେଶ୍ୱର,୨୨।୧୦(ପି.ଏନ): ମାଡିଆସୁଛି ବାତ୍ୟା 'ଦାନା'। ଭାରତୀୟ ପାଣିପାଗ ପୂର୍ବାନୁମାନ ଅନୁସାରେ 'ଦାନା' ୨୪ ତାରିଖ ରାତିରୁ ୨୫ ତାରିଖ ସକାଳେ ଲ୍ୟାଣ୍ଡଫଲ୍ କରିବାର ସମ୍ଭାବନା ରହିଛି। ତେଣୁ ତା'ପୂର୍ବରୁ ଅର୍ଥାତ ୨୩ ତାରିଖରୁ ୨୫ ତାରିଖ ପର୍ଯ୍ୟନ୍ତ ଶିମିଳିପାଳ ଜାତୀୟ ଉଦ୍ୟାନ ବନ୍ଦ ରହିବ। ଯେଉଁମାନେ ଆଗୁଆ ବୁକିଂ କରିଥିଲେ, ସେମାନଙ୍କ ବୁକିଂକୁ ମଧ୍ୟ ବାତିଲ କରାଯାଇଛି।ଏନେଇ ସୂଚ୍ନା ଦେଇଛନ୍ତି ଶିମିଳିପାଳ ଅଭୟାରଣ୍ୟ କ୍ଷେତ୍ର ନିର୍ଦ୍ଦେଶକ। ବାତ୍ୟା 'ଦାନା'କୁ ନେଇ ଏପରି ନିଷ୍ପତ୍ତି ନେଇଛି ପ୍ରଶାସନ।ବର୍ଷା ଋତୁ ପରେ ପରେ ଶିମିଳିପାଳ ଜାତୀୟ ଉଦ୍ୟାନ ପର୍ଯ୍ୟଟକଙ୍କ ପାଇଁ ଖୋଲିଥିଲା। ପ୍ରତିଦିନ ଶହଶହ ପର୍ଯ୍ୟଟକ ଶିମିଳିପାଳର ପ୍ରାକୃତିକ ସୌନ୍ଦର୍ଯ୍ୟକୁ ମନୋଭରି ଉପଭୋଗ କରୁଥିଲେ। ଏଥିସହ କଟେଜ୍‌ରେ ରାତି ଜାପନ କରୁଥିଲେ। ହେଲେ ଦାନା ପାଇଁ ଏବେ ଶିମିଳିପାଳକୁ ବନ୍ଦ କରାଯାଇଛି। ବାତ୍ୟା ଯୋଗୁ ପ୍ରବଳ ବର୍ଷା ହେବ ବୋଲି ଆଶା କରାଯାଉଥିବାରୁ ପ୍ରଶାସନ ଏପରି ନିଷ୍ପତ୍ତି ନେଇଛି।

## ନଭେମ୍ବର ୧୫ରେ ରାଉରକେଲା ଆସିବେ ପ୍ରଧାନମନ୍ତ୍ରୀ, ବହୁ କାର୍ଯ୍ୟକ୍ରମର କରିବେ ଶୁଭାରମ୍ଭ

ନୂଆଦିଲ୍ଲୀ,୨୨।୧୦(ପି.ଏନ): ଆସନ୍ତା ମାସରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ଆସିବେ ଓଡିଶା । ମୋଦିଙ୍କର ରାଉରକେଲା ଗସ୍ତର କାର୍ଯ୍ୟକ୍ରମ ରହିଛି । ଆସନ୍ତା ୧୫ ତାରିଖରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ରାଉରକେଲା ଆସିବେ । ଜନଜାତି ଗୌରବ ଦିବସ ଅବସରରେ ମୋଦି ରାଉରକେଲା ଆସିବେ । ସେଠାରେ ସେ ସହିଦ ମାଧୋସିଂ ହାତଖର୍ଚ୍ଚ ବୃତ୍ତି ବଣ୍ଟନ କାର୍ଯ୍ୟର କରିବେ ଶୁଭାରମ୍ଭ ।ଏହା ପରେ ୪୫୦ ପ୍ରାଥମିକ ସ୍କୁଲ ହଷ୍ଟେଲର ଭିତ୍ତି ପ୍ରସ୍ତର ସ୍ଥାପନ କରବେ । ସେହିପରି ଓଡିଆ ଅସ୍ମିତା ଭବନର ଭିତ୍ତିପ୍ରସ୍ତର ସ୍ଥାପନ କରିବେ । ଦିନ ୧୧ଟାରେ ଝାରସୁଗୁଡା ବିମାନ ବନ୍ଦରରେ ପହଞ୍ଚିବେ ପ୍ରଧାନମନ୍ତ୍ରୀ ।

## ଜେଲ ଭିତରୁ କଏଦୀଙ୍କ ଧମକ, ଜେଲ ଅଧିକାରୀଙ୍କ କାର୍ଯ୍ୟଦକ୍ଷତାକୁ ନେଇ ପ୍ରଶ୍ନବାଚ୍ୀ

ଭୁବନେଶ୍ୱର,୨୨।୧୦(ପି.ଏନ): ପୁଣି ଝାରପଡା ଜେଲକୁ ନେଇ ଚର୍ଚ୍ଚା । ଜେଲ ଭିତରୁ କଏଦୀ ଦେଉଛନ୍ତି ହତ୍ୟା ଧମକ । ଏହା ସହ ଦାଦାବଟି ମାଗୁଛନ୍ତି ।ନଦେଲେ ଜୀବନରୁ ମାରିଦେବା ନେଇ ଏକ ଭିଡିଓରେ କହିଛନ୍ତି । ବିଚ୍ାରଧୀନ କଏଦୀଙ୍କ ଏଭଳି ଦାଦାଗିରି ଦେଖି ଲୋକେ ଛାନିଆ । ତେବେ ଏଭଳି ଖୋଲାଖୋଲି ଧମକକୁ ଡରି କିଛି ବ୍ୟବସାୟୀ ଟଙ୍କା ଦେଉଥିବା ବେଳେ ଆଉ କିଛି ଅନେକ ମିଡିଆ ସାମ୍ନାରେ ମୁହଁ ଖୋଲିବାକୁ ଡରୁଛନ୍ତି ।ବର୍ତ୍ତମାନ ଏହି ଘଟଣା ପରେ ଝାରପଡା ଜେଲର ସୁରକ୍ଷା ବ୍ୟବସ୍ଥାକୁ ନେଇ ପ୍ରଶ୍ନବାଚ୍ୀ ସୃଷ୍ଟି ହୋଇଛି । ଜେଲ ଭିତରେ ସ୍ମାର୍ଟଫୋନ୍ ଆସିଲା କେମିତି ଧମକପୂର୍ଣ୍ଣ ଭିଡିଓ କଲ୍ କିପରି କରାଗଲା କ୍ରାଇମ୍ ସିଣ୍ଡିକେଟ୍ ପଛର ମାଷ୍ଟର ମାଇଣ୍ଡ୍ କିଏ ? କାହିଁକି ବାରମ୍ବାର ତାଗିଦ ପରେ ମଧ୍ୟ ସୁଧୁରୁନି ଜେଲ ବ୍ୟବସ୍ଥା ? ଏହି ଭିଡିଓକୁ କେବେ ରେକର୍ଡ କରାଯାଇଛି ତାହା ବର୍ତ୍ତମାନ ପର୍ଯ୍ୟନ୍ତ ସ୍ପଷ୍ଟ ହୋଇନି ।

## ବାତିଲ ହେଲା ୧୭୮ ଟ୍ରେନ୍: ଦେଖନ୍ତୁ କେଉଁ ଦିନ ବାତିଲ ହେଲା କେଉଁ ଟ୍ରେନ୍



ଭୁବନେଶ୍ୱର,୨୨।୧୦: ବାତ୍ୟା 'ଦାନା' ପାଇଁ ବାତିଲ୍ ହେଲା ଟ୍ରେନ୍। ମୋଟ ୧୭୮ଟି ଟ୍ରେନ ବାତିଲ ହୋଇଛି। ୨୩, ୨୪ ଓ ୨୫ ତାରିଖ ମଧ୍ୟରେ ମୋଟ ୧୭୮ ଟ୍ରେନ୍ ବାତିଲ କରାଯାଇଛି। ସେଥିରେ ଅପ୍ ଟ୍ରେନ୍ ୮୫ ଥିବା ବେଳେ ଡାଉନ୍ ଟ୍ରେନ୍ ୯୩ଟି ରହିଛି। ରେଳ ବିଭାଗ ପକ୍ଷରୁ ଏ ନେଇ ଘୋଷଣା କରାଯାଇଛି। ୨୩ ତାରିଖରେ ବାତିଲ ହୋଇଥିବା ଟ୍ରେନ୍? ଭିତରେ ରହିଛି କାମାକ୍ଷା-ବାଙ୍ଗାଲୁରୁ, ନୂଆଦିଲ୍ଲୀ-ଭୁବନେଶ୍ୱର, ଋଷିକେଷ-ପୁରୀ, ନୂଆଦିଲ୍ଲୀ-ପୁରୀ, କୋଲକାତା-ପୁରୀ, ସିକନ୍ଦରାବାଦ-ଭୁବନେଶ୍ୱର, ଚେନ୍ନାଇ ସେଣ୍ଟ୍ରେଲ-ହାୱଡା, ପଣ୍ଡିଚେରୀ-ଭୁବନେଶ୍ୱର, ଏସ୍‌ବିସି-ଭୁବନେଶ୍ୱର, ଭୁବନେଶ୍ୱର, ଗାନ୍ଧିଧାମ-ପୁରୀ, ସୁରତ-ବ୍ରହ୍ମପୁର ପ୍ରମୁଖ।

## ଶ୍ରୀମନ୍ଦିରରେ କେବଳ ଓମଫେଡ୍ ଘିଅ ବ୍ୟବହାର କରାଯିବ: ପଶୁ ସମ୍ପଦ ମନ୍ତ୍ରୀଙ୍କ ପକ୍ଷରୁ ସୂଚ୍ନା




ଭୁବନେଶ୍ୱର,୨୨।୧୦(ପି.ଏନ): ପୁରୀ ଶ୍ରୀମନ୍ଦିରରେ ବ୍ୟବହାର ହେବ ଓମଫେଡ ଘିଅ । ଏନେଇ ମତ୍ସ୍ୟ ଓ ପଶୁ ସମ୍ପଦ ମନ୍ତ୍ରୀ ଗୋକୁଳାନନ୍ଦ ମଲ୍ଲିକ ସୂଚ୍ନା ଦେଇଛନ୍ତି । ପ୍ରତିଦିନ ୮-୧୦ ଟନ୍ ଘିଅ ଉତ୍ପାଦନ ହେଉଥିବା ବେଳେ ଶ୍ରୀମନ୍ଦିରରେ ୩-୪ ଟନ୍ ବ୍ୟବହାର ହେଉଛି । ଘିଅ ଦାମ୍ ବଜାରରେ ୭୨୦ ଟଙ୍କା ରହିଥିବା ବେଳେ ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ପାଇଁ ଲିଟର ପିଛା ୫୪୩ ଟଙ୍କାରେ ଯୋଗାଇ ଦିଆଯିବ । ସେହିପରି ୧୫ ଲିଟର ଟିଣ ଦିଆଯିବା ନେଇ ନିଷ୍ପତ୍ତି ହୋଇଛି, ଯାହାର ମୂଲ୍ୟ ୫୩୩ ଟଙ୍କା ରହିବ । ଶ୍ରୀମନ୍ଦିରରେ ସୁଦ୍ଧ ଓମଫେଡ ଘିଅ ବ୍ୟବହାର କରାଯିବ । ଶ୍ରୀମନ୍ଦିର ପାଇଁ ଘିଅର ସ୍ୱତନ୍ତ୍ର ମୂଲ୍ୟ ନିର୍ଦ୍ଧାରଣ କରାଯାଇଛି । ଶ୍ରୀମନ୍ଦିରରେ ଯେତେ ଘିଅ ଲାଗିବ ତାହା ଓମଫେଡ ଘିଅ ଲାଗିବ । ସମସ୍ତ ମନ୍ଦିରରେ ସୁଦ୍ଧ ଓମଫେଡ ଘିଅ ବ୍ୟବହାର ନେଇ ଜିଲ୍ଲାପାଳଙ୍କୁ ଚିଠି କରାଯାଇଛି ବୋଲି ମନ୍ତ୍ରୀ ଶ୍ରୀ ମଲ୍ଲିକ କହିଛନ୍ତି ।ସୂଚ୍ନାଯୋଗ୍ୟ ଯେ, ଶ୍ରୀମନ୍ଦିରରେ କେବଳ ଓମଫେଡ୍ ଘିଅ ବ୍ୟବହାର ପାଇଁ ନିକଟରେ ନିଷ୍ପତ୍ତି ନିଆଯାଇଥିଲା । ଏନେଇ ଓମଫେଡକୁ ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସକ ଚିଠି ଲେଖିଥିଲେ । ମହାପ୍ରଭୁଙ୍କ ମହାପ୍ରସାଦ ପ୍ରସ୍ତୁତି ଓ ଦୀପରେ କେବଳ ଓମଫେଡ୍ ଘିଅ ବ୍ୟବହାର କରାଯିବ ବୋଲି ଓମଫେଡ ପରିଚ୍ାଳନା ନିର୍ଦ୍ଦେଶକ (ଏମଡି)ଙ୍କୁ ଚିଠି ଲେଖାଯାଇଥିଲା । ଏଥିସହିତ ଘିଅ ଦାମ୍ ହ୍ରାସ ପାଇ ନିଯୋଗ ଅନୁରୋଧ କରିଥିବା ନେଇ ପ୍ରଶାସକ ଜଣାଇଥିଲେ । ଅନ୍ୟ ଘିଅ ଶ୍ରୀମନ୍ଦିରରେ ନିଷେଧ ହେବ ଓ କେହି ମନ୍ଦିର ଭିତରକୁ ଅନ୍ୟ ଘିଅ ନେଲେ କଡା କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ଚେତାବନୀ ଦିଆଯାଇଥିଲା ।

## ଜୁଏଲାରୀ ଦୋକାନରେ ପଶିଲେ ଲୁଟେରା, ଉଭୟ ପଟୁ ଫୁଟିଲା ଗୁଳି



ଭୁବନେଶ୍ୱର,୨୨।୧୦(ପି.ଏନ): ଲୁଟ ଉଦ୍ଦେଶ୍ୟରେ ଜୁଏଲାରୀ ଦୋକାନରେ ପଶିଥିଲେ ଲୁଟେରା। ବନ୍ଧୁକ ଦେଖାଇ ଭୟଭୀତ କରି ୪୦ ଲକ୍ଷ ଟଙ୍କାର ଗହଣା ଲୁଟ୍? କରିନେଲେ। ଏଥିସହ ସେମାନେ ଗୁଳି ଚ୍ଳାଇ ଜଣେ କର୍ମଚ୍ାରୀଙ୍କୁ ଘାଇଲା କରିଥିବା ବେଳେ ପାଲଟା ଜବାବରେ ଦୋକାନ ମାଲିକ ବି ଫାୟାରିଂ କରିଥିଲେ। ଏଥିରେ ଦୁଇ ଲୁଟେରା ଆହତ ହୋଇଛନ୍ତି । ସମସ୍ତଙ୍କୁ ମେଡିକାଲରେ ଭର୍ତ୍ତି କରାଯାଇଛି। ଏପରି ଏକ ଅଘଟଣ ବିହାରର ବେଗୁସରାୟରେ ଘଟିଛି ।ଦୋକାନ ମାଲିକ ପ୍ରମୋଦ କୁମାର ପୌଦାରଙ୍କ ସୂଚ୍ନା ଅନୁଯାୟୀ, ଗତକାଲି ଅପରାହ୍ନ ସମୟରେ ମୋ' ପୁଅ ରାଜୀବ ଦୋକାନରେ ଥିବା ବେଳେ ମୁଁ ବାହାରେ ଥିଲି। ଉକ୍ତ ସମୟରେ ଦୁଇ ଲୁଟେରା ସୁନା ଦେଖିବାକୁ ଦୋକାନରେ ପଶିଲେ ।କିଛି ସମୟ ପରେ ସେମାନେ ହଠାତ୍ ବନ୍ଧୁକ ଦେଖାଇ ଭୟଭୀତ କରିବା ସହ ସବୁ ଜିନିଷ ଦେବାକୁ ଧମକ ଦେଇଥିଲେ। ଏହାଦେଖି କର୍ମଚ୍ାରୀମାନେ ପାଟି କରିବାରୁ ସେମାନେ ଜଣଙ୍କ ଉପରକୁ ଗୁଳି ଚ୍ଳାଇଥିଲେ। ତାଙ୍କୁ ମେଡିକାଲରେ ଭର୍ତ୍ତି କରାଯାଇଛି।








## ଟି ଟାଇମ୍



### ଜୋକ୍ସ

ଶିକ୍ଷକ-କାଲି ସ୍କୁଲ କାହିଁକି ଆସି ନଥିଲ ?

ଛାତ୍ର-କାଲି ପରା ମୁଁ ପଡିଗଲି । ଆଉ ଲାଗିଗଲା

ଶିକ୍ଷକ-କେଉଁଠି ପଡିଗଲ ଆଉ କ'ଣ ଲାଗିଗଲା ?

ଛାତ୍ର ଖଟରୁ ପଡିଗଲି ଆଉ ମୋ ଆଖି ଲାଗିଗଲା ।

## ପୁରାଣ କାହାଣୀ

# ବାଣୀ ପ୍ରଭାବରେ ଚୋର ହେଲା ସାଧୁ



ଅନ୍ଧାର ରାତିରେ ଚୋରଟି ଚୋରି କରି ଅଣନିଃଶ୍ୱାସୀ ହୋଇ ଚାଲି ଚାଲି ଥକି ଗୋଟିଏ ବୃକ୍ଷମୂଳେ ବିଶ୍ରାମ ନେଉଥିଲା । ହଠାତ୍ ସେ ରାସ୍ତକଡରେ ବିଶ୍ରାମ ନେଉଥିବା ସମୟରେ ଜରିମାନଙ୍କ ଉପରେ ନଜର ପଡିଲା । ନିଶ୍ଚିନ୍ତରେ ଶୋଇଥିବା ଜରିର ଜୀବନଧାରା ସହିତ ନିଜକୁ ତୁଳନା କରି ଗଭୀର ଚିନ୍ତା କରିବାକୁ ଲାଗିଲା । କେତେବେଳେ ସୂର୍ଯ୍ୟ ଉଦୟ ହେଲେ ତାହା ସେ ଜାଣି ପାରିଲା ନାହିଁ । ଅନ୍ଧାର ଅପସରି ଆସୁଥିବା ବେଳେ ଚୋରର ମାନସିକ ଉଦବେଳନ ବଢ଼ି ଚାଲିଥାଏ । ସେହି ସମୟରେ ସେ ଲୋକଙ୍କୁ ଦେଖି ଭୟଭୀତ ହୋଇ ଚମକି ଉଠିଲା । କାଳେ କିଏ ତାକୁ ଦେଖିଦେଲା ଆଉ ଚିହ୍ନିଦେଲା କି ? ଭିକାରୀ ଓ ବୁଲା କୁକୁର ନିଜ ନିଜ ପେଟ ଭରଣା ପାଇଁ ଏଣେତେଣେ ବୁଲି ଖାଦ୍ୟ ସଂଗ୍ରହ କରିବାକୁ ଲାଗିଲେ ।

କିନ୍ତୁ ଚୋର ପାଇଁ ଦିନଟି ଥିଲା ଅଭିଶାପ । ଭିକାରୀ କଥା ମନେ ପକାଉ ପକାଉ ତା' ମା କଥା ମନେ ପଡିଲା । ମା'ତାକୁ କହୁଥିଲା କାମକୁ ଡରି ପଳାଇ ଯାଉଛି ଭବିଷ୍ୟତରେ ଅସୁବିଧା ଭୋଗିବୁ । ଏହି କଥା ଭାବୁ ଭାବୁ ରାସ୍ତାରେ ଯାଉଥିବା ଦୁଇ ଦମ୍ପତିଙ୍କ କଥା ଶୁଣିବାକୁ ପାଇଲା । ଦୁଇ ଦମ୍ପତି ରାତିରେ ସାଧୁଙ୍କ ପ୍ରବଚନ ଶୁଣି ସକାଳେ ଘରକୁ ପ୍ରତ୍ୟାବର୍ତ୍ତନ କରୁଥିଲେ । ସେମାନେ ରାସ୍ତାରେ ସାଧୁଙ୍କ ବାଣୀ ଏତେ ଶାନ୍ତିପ୍ରଦ, ହିତକାରକ, ପ୍ରେରଣାଦାୟୀ ଥିଲା ବୋଲି କୁହାକୁହି ହୋଇ ଯାଉଥିଲେ । ଏହା ଶୁଣି ଚୋରର ମନ ସାଧୁଙ୍କ ବାଣୀ ପ୍ରତି ଆକର୍ଷିତ ହେଲା । ସାଧୁଙ୍କ ବାଣୀରେ ସେ ଏତେ ବିମୁଗ୍ଧ ହୋଇଗଲାଯେ ସେ ସାଧୁଙ୍କ ନିକଟକୁ ଆସିଲା ଓ ପ୍ରବଚନ ଶୁଣିଲା । ଲୁଚାଛପା କାମ କଲେ ମନରେ ଭୟ ଜାତ ହୋଇଥାଏ ବୋଲି ସାଧୁ କହିଲେ । ପରେ ଚୋର ସାଧୁଙ୍କୁ ସବୁ ସତ କଥା କହିଲା । ଅଜ୍ଞାତବସତଃ ମୁଁ ଆଜିଯାଏଁ କୁକର୍ମ କରି ଆସୁଥିଲି । କିନ୍ତୁ ଏବେ ପ୍ରତିଜ୍ଞା କରୁଛି ଆଜିଠାରୁ ମୁଁ ପରିଶ୍ରମ କରିବି ବୋଲି ସାଧୁଙ୍କୁ ସେ ପ୍ରତିଶ୍ରୁତି ଦେଇଥିଲା ।

## ଆଜିର ଭାଗ୍ୟ

**ମେଷ** – କାର୍ଯ୍ୟ ହାସଲ କ୍ଷେତ୍ରରେ ଜଣେ ପୂର୍ବତନ ବନ୍ଧୁ ସାହାଯ୍ୟ କରିବେ। ଆନୁଷ୍ଠାନିକ କାମରେ ସଫଳତା ପାଇବେ। ବ୍ୟବସାୟରେ ସାମାନ୍ୟ କ୍ଷତି ହୋଇପାରେ। ପରିବହନରେ ଉନ୍ନତି କରିବେ। ମହିଳାଙ୍କ ଭାତୃ ସମ୍ପର୍କ ବୃଦ୍ଧି ପାଇବ।

**ବୃଷ** – ଅନ୍ୟମାନଙ୍କୁ ନିଜ ଆଡକୁ ଆକର୍ଷିତ କରିବା ପାଇଁ ବିଭିନ୍ନ ପ୍ରକାର ଚେଷ୍ଟା କରିବେ। ବନ୍ଧୁଙ୍କର ସହାନୁଭୂତି ଲାଭ କରିପାରନ୍ତି। ସ୍ଥଗିତ କାମକୁ ତ୍ୱରାନିତ କରିବେ। ମହିଳାମାନେ ସାଥିଙ୍କ ବାଟକୁ ଚାହିଁ ବସିବେ। ଦୂର ସ୍ଥାନକୁ ଭ୍ରମଣ ଯୋଗ ରହିଛି।

**ମିଥୁନ** – କର୍ମକ୍ଷେତ୍ରରେ କେତେକ ଦିଗରୁ ଚାପର ସମ୍ମୁଖୀନ ହୋଇପାରନ୍ତି। ଧୈର୍ଯ୍ୟ ହରାନହୋଇ ପରିସ୍ଥିତିର ସାମ୍ନା କରିବେ। ସାମ୍ବାଦିକତା କ୍ଷେତ୍ରରେ ପ୍ରତିବନ୍ଧକର ସମ୍ମୁଖୀନ ହେବେ। ବ୍ୟବସାୟରେ ବନ୍ଧୁ ସମ୍ପର୍କ ପ୍ରେ ଓ ପ୍ରଣୟ କ୍ଷେତ୍ରରୁ ଅନୁକୂଳ ଫଳ ମିଳିବ।

**କର୍କଟ** – ବନ୍ଧୁଙ୍କ ନିକଟୁ ସାହାଯ୍ୟ ପଅତିଶୃତି ପାଇ ଆସ୍ୱସ୍ତି ଅନୁଭବ କରିବେ। ପାରିବାରିକ ଅସ୍ଥିରତା ଓ ଅର୍ଥାଭାବ ପାଇଁ ମାନସିକ ଦ୍ୱନ୍ଦ ଭିତରେ ସମୟ କଟାଇବେ। ଆତ୍ମୀୟମାନଙ୍କ ପରାମର୍ଶ ନେଇ କାର୍ଯ୍ୟ କ୍ଷେତ୍ରରେ ଉପକୃତ ହେବେ।

**ସିଂହ** – ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କ ଉପରେ ନିର୍ଭର କରିବାକୁ ପଡିପାରେ। କର୍ମକ୍ଷେତ୍ରରେ ନୂତନ ଯୋଜନା ଆରମ୍ଭ କରିପାରନ୍ତି। ବକେୟା ଟଙ୍କା ମିଳିବାର ଯୋଗ ରହିଛି। ପ୍ରତିଷ୍ଠିତ ବ୍ୟକ୍ତିଙ୍କ ପରୋକ୍ଷରେ ସାହାଯ୍ୟ ପ୍ରାପ୍ତି ହୋଇପାରେ।

**କନ୍ୟା** – ହଠାତ୍ ଅର୍ଥ ସମ୍ପର୍କକୁ ନେଇ ଭାତୃ ବିବାଦ ଦେଖାଦେଇପାରେ। ପ୍ରେମରେ ପ୍ରତାରଣା ପାଇ କର୍ମକ୍ଷେତ୍ରରେ ପରିସ୍ଥିତିର ଚାପ ବୃଦ୍ଧି ପାଇବ। ସାମାନ୍ୟ ଶାରୀରିକ ଅସୁସ୍ଥତା ଅନୁଭବ କରିବେ। ମହିଳାଙ୍କ କ୍ଷେତ୍ରରେ ବିଭିନ୍ନ ପ୍ରକାରର ଶତ୍ରୁମାନେ କଟୁ କଥା କହିବେ।

**ତୁଳା** – ଇଚ୍ଛା ନଥିଲେ ମଧ୍ୟ ସମୟ ଓ ପରିସ୍ଥିତିକୁ ନେଇ ବନ୍ଧୁଙ୍କ ସହ ବିତର୍କ ସୃଷ୍ଟି ହୋଇପାରେ। ନିଜ ଲୋକମାନେ ଇର୍ଷା ପରାୟଣ ହୋଇ ପରିସ୍ଥିତିକୁ ଜଟିଳ ରୂପ ଦେବାରେ ସମର୍ଥ ହେବେ। ଅର୍ଥ ସଂଗ୍ରହରେ ତତ୍ପରତା ପ୍ରକାଶ କରିବେ।

**ବିଛା** – ପଡୋଶୀଙ୍କ ସହ ସମ୍ପର୍କ ମଧୁର ରଖିବାକୁ ଚେଷ୍ଟା କରିବେ। ବନ୍ଧୁଙ୍କ ସହ ସୌହାର୍ଦ୍ଦ୍ୟପୂର୍ଣ୍ଣ ଆଲୋଚନାରୁ ମନ ଖୁସି ରହିବ। ବିବାଦୀୟ ପରିସ୍ଥିତିର ଦୃଢ଼ ମୁକାବିଲା କରିବେ। ମହିଳାମାନେ ଭାବ ପ୍ରବଣତା ପ୍ରକାଶ କରିବେ।

**ଧନୁ** – ସୁନ୍ଦର ମଧୁର କଥା କହି ଅନ୍ୟମାନଙ୍କୁ ଆକର୍ଷିତ କରି କାର୍ଯ୍ୟ ହାସଲ କରିବେ। ଶାରୀରିକ ଅସୁସ୍ଥତା ଫେରି ପାଇବ। ପାରିବାରିକ କ୍ଷେତ୍ର, ଯାତ୍ରା ଓ ଦାମ୍ପତ୍ୟ ଜୀବନରୁ ସୁଫଳ ପାଇବେ। ଦୂର ସ୍ଥାନକୁ ଯାତ୍ରା କରିପାରନ୍ତି। ମହିଳାଙ୍କ ମନୋବଳ ଦୃଢ଼ ରହିବ।

**ମକର** – କୌଣସି ଅପରିଚିତ ବ୍ୟକ୍ତିଙ୍କ ଦ୍ୱାରା ଗୁରୁତ୍ୱ ପୂର୍ଣ୍ଣ କାର୍ଯ୍ୟ ହସଲ କରିବେ। ଭାବୁଥିବା କାମଟିକୁ ସମ୍ପୂର୍ଣ୍ଣ କରିବା ପାଇଁ ବନ୍ଧୁଙ୍କର ସାହାଯ୍ୟ ଭିକ୍ଷ୍ୟା କରିବେ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖାଦେଇପାରେ। ମହିଳାମାନେ ଅଶାନ୍ତି ରହିବେ।

**କୁମ୍ଭ** – ଯେତେ ତ୍ୟାଗ ସ୍ୱିକାର କଲେ ମଧ ବନ୍ଧୁ ସହକର୍ମୀ ଓ ପଡୋଶୀଙ୍କର ଭୁଲ୍ ଧାରଣାକୁ ବଦଳାଇ ପାରିବେ ନାହିଁ। ଆୟ ଅପେକ୍ଷା ବ୍ୟୟ କ୍ରମଶଃ ବୃଦ୍ଧି ପାଇବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ପାଇଁ ଚିନ୍ତିତ ରହିବେ। ଆକସ୍ମିକ ଭାବେ ଉପହାର ଦ୍ରବ୍ୟ ଲାଭ ହୋଇପାରେ।

**ମୀନ** – କର୍ମକ୍ଷେତ୍ରରେ ସହଜ ସୁବିଧରେ କାମ ହାସଲ କରିବେ। ବନ୍ଧୁଙ୍କର ଆଦର ମନକୁ ଖୁସି ରଖିବ। ସଭା, ସମିତି, ରାଜନୀତି କ୍ଷେତ୍ରରେ ପ୍ରଶଂସିତ ହେବେ। ମହିଳାମାନେ ଅନ୍ୟଙ୍କ ସେବାରେ ବ୍ୟସ୍ତ ରହିବେ।

# କୃତ୍ରିମ ଜଳପ୍ରପାତ



ଚାଇନା ଅନ୍ତର୍ଗତ ୟୁନାନ ପ୍ରଦେଶର କୁନମିଂରେ ପର୍ଯ୍ୟଟକଙ୍କ ମନୋରଞ୍ଜନ ପାଇଁ ଏକ କୃତ୍ରିମ ଜଳ ପ୍ରପାତ ସୃଷ୍ଟି କରାଯାଇଛି । ଏହାର ଉଚ୍ଚତା ସାଢ଼େ ୧୨ ମିଟର । ଚଉଡା ଚାରି ଶହ ମିଟର । ନିଉଲାନ୍ ନଦୀରେ ପ୍ରବାହିତ ଜଳକୁ ୟୁନାନର ବୃହତ୍ତମ ମଧୁର ଜଳ ହ୍ରଦ ଡିଆନସି ମଧ୍ୟରେ ପ୍ରବେଶ କରାଇ ଏହି ପ୍ରପାତ ସୃଷ୍ଟି କରାଯାଇଛି । ଏହାଦ୍ୱାରା ବନ୍ୟା ବିପ୍ୱାତରୁ ରକ୍ଷା ମିଳିବା ସହ ସହରର ପାନୀୟ ଜଳ ଯୋଗାଣ ବ୍ୟବସ୍ଥାରେ ଉନ୍ନତି ଆସି ପାରିବ । କୃତ୍ରିମ ଜଳ ପ୍ରପାତ ଚାରିପଟେ ଉଦ୍ୟାନ ରହିଛି । ଦୁଇ ବର୍ଷ ତଳେ ଉଭୟ ପ୍ରପାତ ଓ ଉଦ୍ୟାନ ବିକଶିତ କରାଯାଇଛି । ଉକ୍ତ ପ୍ରକଳ୍ପରେ ସତର କୋଟି ମାର୍କିନ୍ ଡଲାର ବ୍ୟୟ ହୋଇଥିବା ପ୍ରକାଶ ।

# ଦାନ୍ତରେ ଟାଟୁ

ଅତ୍ୟାଧୁନିକା ମହିଳାମାନେ ସବୁବେଳେ ଚାହାନ୍ତି କେମିତି ନିଜକୁ ଭିନ୍ନ ଶୈଳୀରେ ପ୍ରଦର୍ଶିତ କରିବେ ଏବଂ ଶରୀରର ସୌନ୍ଦର୍ଯ୍ୟ ବୃଦ୍ଧି କରିବେ। ଆଜିକାର ଫ୍ୟାଶନ ଯୁଗରେ ଏଭ୍ରି ଅଡ୍ ଇଜ୍ ଏ ଷ୍ଟାଇଲକୁ ମଧ୍ୟ କେତେକ ଗ୍ରହଣ କରି ସେହିପରି ଢଙ୍ଗରେ ନିଜକୁ ସଜାଉଛନ୍ତି। ଏବେ ଏବେ ସୌନ୍ଦର୍ଯ୍ୟ ସଚେତନ ତରୁଣୀମାନେ ଦାନ୍ତରେ ଟାଟୁ ଆଙ୍କିବା ଦିଗରେ ବେଶି ଢଳୁଥିବା ପରିଲକ୍ଷିତ ହେଉଛି, ଯେମିତି କିଛି ବର୍ଷ ତଳେ



'ନାହିମୁଦି' ଫ୍ୟାଶନ ଅନେକଙ୍କୁ କିମିଆ କରିଥିଲା। ଦାନ୍ତରେ ଟାଟୁ ଆଙ୍କିବା ନୂଆ କଥା ନୁହେଁ। ଆଠଦଶ ବର୍ଷ ତଳେ ଦାନ୍ତରେ ଟାଟୁ କରି ହିପ୍‌ହପ୍ ଗାୟିକା, ନୃତ୍ୟଙ୍ଗନା ଓ ମେଡଲମାନେ ବିଭିନ୍ନ ଶୋ'କୁ ଆସିବା ପରେ ଏହାର ଚାହିଦା ବଢ଼ିବଢ଼ି ଚାଲିଛି। କିଶୋରୀ, କଲେଜ ଛାତ୍ରୀଠୁ ଆରମ୍ଭ କରି ପଇଁତିରିଶ ବର୍ଷ ଭିତରର ମହିଳାଙ୍କୁ ଦାନ୍ତରେ ଟାଟୁ ବେଶ୍ ମାନିବ ବୋଲି ସୌନ୍ଦର୍ଯ୍ୟ ବିଶେଷଜ୍ଞମାନେ କହନ୍ତି। ଅସ୍ଥାୟୀ ଓ ସ୍ଥାୟୀ ଭାବେ ଦାନ୍ତରେ ଟାଟୁ କରିହେବ।

# ସ୍ମରଣଶକ୍ତି ବଢ଼ାଏ ଅଣ୍ଡା

ଆମେରିକା ସ୍ଥିତ ଟପ୍ଟ ୟୁନିଭରସଟିର ରିସର୍ଚ୍ଚ କର୍ତ୍ତାମାନଙ୍କ କହିବା ହେଉଛି କି ଅଣ୍ଡା ଖାଇବା ଦ୍ୱାରା ମସ୍ତିଷ୍କ ମଜଭୁତ୍ ହୋଇଥାଏ ଏବଂ ଡିମେସିୟା ଭଳି ରୋଗର ଭୟ ଟଳିଯାଇଥାଏ । ଏହି ସମସ୍ୟାରେ ପୀଡ଼ିତ ଲୋକମାନଙ୍କର ସ୍ମରଣ ଶକ୍ତି ଅତି କମ୍ ହୋଇଯାଇଥାଏ । ରିସର୍ଚ୍ଚରେ ସାମିଲ୍ ଥିବା ଲୋକମାନଙ୍କୁ ଦୁଇ ଟିମ୍‌ରେ ବିଭାଜିତ କରାଯାଇଥିଲା । ପ୍ରଥମ ଟିମ୍‌କୁ ଖାଇବା ପାଇଁ ନିୟମିତ ୨ଟି ଲେଖାଏଁ ଅଣ୍ଡା ଦିଆଯାଉଥିଲା । ଯେବେକି ଅନ୍ୟ ଟିମ୍‌କୁ ଅଣ୍ଡା ପ୍ରତିବଦଳରେ ଅନ୍ୟାନ୍ୟ ଦ୍ରବ୍ୟ ଖାଇବାକୁ ଦିଆଯାଉଥିଲା । ମାସକ ପରେ ଦୁଇଟି ଟିମ୍‌ର ସଦସ୍ୟମାନଙ୍କର ସ୍ମରଣ ଶକ୍ତି, ତର୍କ କ୍ଷମତା ଏବଂ ଏକାଗ୍ରତା ସ୍ତରର ପରୀକ୍ଷା କରାଯାଇଥିଲା । ନିୟମିତ ଅଣ୍ଡା ଖାଉଥିବା ଟିମ୍‌ର ସଦସ୍ୟମାନଙ୍କର ପ୍ରଦର୍ଶନ ଅନ୍ୟ ଟିମ୍ ତୁଳନାରେ ଅଧିକ ଭଲ ହୋଇଥାଏ । ଅଣ୍ଡାରେ ଲ୍ୟୁଟିନ୍ ଏବଂ ଜେସିକାଥିନ୍ ନାମକ ଦୁଇ ପ୍ରକାର ଅକ୍ସିକରଣ ରୋଗ ପ୍ରତିରୋଧକ ତତ୍ତ୍ୱ ମିଳିଥାଏ । ଯାହା ଭାବିବା ଓ ବୁଝିବା ପ୍ରକ୍ରିୟାକୁ ସହଜ କରିଥାଏ । ଏଥିପାଇଁ ଆପଣ ମାଂସାହାରୀ ହୋଇଥାନ୍ତି ତେବେ ପ୍ରତିଦିନ ଖାଦ୍ୟରେ ଅଣ୍ଡାକୁ ସାମିଲ କରନ୍ତୁ ।

# ପ୍ରସବ କରିବ ରୋବଟ !

ଇଞ୍ଜିନିୟର ତଥା ନୋବେଲିଷ୍ଟ ଜର୍ଜ ଜୈରକୈଡାକିସ୍‌ଙ୍କ ମତ ଅନୁସାରେ ଆସନ୍ତା ୨୦ରୁ ୩୦ ବର୍ଷ ମଧ୍ୟରେ ଏଭଳି ରୋବଟ ତିଆରି କରାଯାଇପାରିବ, ଯାହା ମଣିଷ ସହିତ ଶାରୀରିକ ସମ୍ପର୍କ ରଖିପାରିବ ଏବଂ ସନ୍ତାନ ପ୍ରସବ କରିପାରିବ। ଏପରିକି କେବଳ ରୋବଟ ପରସ୍ପର ମଧ୍ୟରେ ଶାରୀରିକ ସମ୍ପର୍କ ରଖିପାରିବେ। ବିଶେଷଜ୍ଞଙ୍କ କହିବା ଅନୁସାରେ ଯଦି ମଣିଷଙ୍କ ଅପେକ୍ଷା ରୋବଟଙ୍କ ସଂଖ୍ୟା ବୃଦ୍ଧି ପାଏ ତେବେ ଏହା ଦୁଃସ୍ୱପ୍ନ ସୃଷ୍ଟି କରିବ। ଏହାବ୍ୟତୀତ ପ୍ରଫେସର ବାର୍ଟିକଙ୍କ ମତ ଅନୁସାରେ



ରୋବଟର ଶାରୀରିକ ସମ୍ପର୍କ ସ୍ଥାପନ କରିବା ଏବଂ ସନ୍ତାନ ପ୍ରସବ କରିବା ନେଇ ସାମାଜିକ ସ୍ୱିକୃତୀ ବିଷୟରେ ଚିନ୍ତା କରାଯିବ। ଏଭଳି କୌଶଳକୁ ନେଇ କିଛି ପ୍ରତିକ୍ରିୟା ଓ ସମସ୍ୟା ମଧ୍ୟ ଉପୁଜିପାରେ ବୋଲି ବୈଜ୍ଞାନିକମାନେ ମତ ଦେଇଛନ୍ତି।

# ଜିନ୍ସ ସୃଷ୍ଟି କରୁଛି ସମସ୍ୟା

ଆଜିକାର ଅତ୍ୟାଧୁନିକ ଯୁବତୀମାନେ ଚିପା ଜିନ୍ସ ପିନ୍ଧିବାକୁ ଏକ ଫ୍ୟାଶନ ମନେ କରୁଛନ୍ତି। ହେଲେ ଏହାଦ୍ୱାରା ଯେ ସ୍ୱାସ୍ଥ୍ୟଗତ ସମସ୍ୟା ସୃଷ୍ଟି ହୁଏ ସେଥିପ୍ରତି କେହି ଧ୍ୟାନ ଦିଅନ୍ତି ନାହିଁ। ଏକ ଗବେଷଣାରୁ ଜଣାଯାଇଛି ଯେ ଚିପା ଜିନ୍ସ ପିନ୍ଧିବା ଦ୍ୱାରା ଏକ ପ୍ରକାର ସ୍ନାୟୁଗତ ରୋଗ ସୃଷ୍ଟି ହୁଏ, ଯାହାକୁ କୁହନ୍ତି 'ମେରାଲଜିଆ ପାରେସ୍ଥଟିକା' ବା 'ଟିଙ୍ଗଲିଙ୍ଗ୍ ଥିଙ୍ଗ ସିଣ୍ଡ୍ରମ'। ଏହାଦ୍ୱାରା ଜଙ୍ଘରେ ଯାଇଥିବା ଚର୍ମ ସମ୍ବନ୍ଧୀୟ ସ୍ନାୟୁଗୁଡିକ ଏମିତି ପ୍ରତିକ୍ରୀୟାଶୀଳ ହୋଇପଡ଼ନ୍ତି ଯେ ଗୋଡ଼ ଝିମ୍‌ଝିମ୍ ଲାଗିବା ସହ ବିନ୍ଧି ଉଠେ। ଏହି ରୋଗରେ ଗୋଡ଼ ଅକାମି ହୋଇଗଲା ପରି ଅନୁଭୂତ ହୁଏ। ଚିପା ଜିନ୍ସ ସାଙ୍ଗକୁ ଯଦି ହାଇ ହିଲ୍ ଜୋତା ପିନ୍ଧିଥିବେ ତେବେ ଅବସ୍ଥା ଆହୁରି ସଙ୍ଗିନ ହୋଇଯିବାର ଆଶଙ୍କା ଥାଏ।



# ବିଶ୍ୱର ବଡ ଫୁଲ ବଜାର



ବିଶ୍ୱର ସବୁଠୁ ବଡ ଫୁଲ ବଜାର ପ୍ରତିଦିନ ଉତ୍ତର ହଲାଣ୍ଡ ଅନ୍ତର୍ଗତ ଆଲସମିର ସହରରେ ବସେ । ସେଠାରେ ବିଶ୍ୱର ସମସ୍ତ ଅଞ୍ଚଳର ଫୁଲ ବିକ୍ରି ହୁଏ । ଦୈନିକ ପ୍ରାୟ ଦୁଇ କୋଟିର ଫୁଲ ସେଠାରେ କାରବାର ହୋଇଥାଏ । ୨୪୩ ଏକର ଜମି ଉପରେ ଏଥିପାଇଁ ଗୋଦାମ ତିଆରି କରାଯାଇଛି । ପ୍ରତିଦିନ ରାତି ୧୦ଟା ସୁଦ୍ଧା ସେଠାକୁ ଫୁଲ ଆସେ ସାରା ରାତି ଫୁଲ ସଜାଡିବା କାର୍ଯ୍ୟ ଚାଲେ । ସକାଳ ୬ରେ ଫୁଲ ବିକ୍ରି ଆରମ୍ଭ ହୁଏ । ପାଇକାରୀ ବଜାର ହୋଇଥିବାରୁ ମୁଖ୍ୟତଃ ପାଇକାରୀମମାନେ ଏଠାକୁ ଆସନ୍ତି । ସମସ୍ତ ବିକ୍ରି ବଟା ନିଲାମ ଦ୍ୱାରା ହୁଏ । ଦିନ ୨ଟା ସୁଦ୍ଧା ବ୍ୟବସାୟ ସରେ ଏବଂ ପର ଦିନ ପାଇଁ ପ୍ରସ୍ତୁତି ଆରମ୍ଭ ହୋଇଥାଏ ।

# ଫେସ୍‌ବୁକ ମାୟାରେ ଯୁବପିଢ଼ି

ବ୍ୟସ୍ତ ବହୁଳ ଜୀବନରେ ଫେସବୁକ ପାଲଟିଛି ମନୋରଞ୍ଜନର ମାଧ୍ୟମ । କାମରୁ ଟିକିଏ ଫୁରୁସତ ମିଳିଲେ ସମସ୍ତେ ଚାହାନ୍ତି ନିରୋଳାରେ ଅନ୍ତରଙ୍ଗ ବନ୍ଧୁ ସହ ଆଳାପ କରିବାକୁ । କିଛି ମନଖୋଲି କଥା ହେବାକୁ ଏବଂ ଅଜଣା ରାଇଜର ଖବର ଜାଣିବାକୁ । ହେଲେ ଏସବୁ ସମ୍ଭବ ହୋଇଛି ସୋସିଆଲ ମିଡିଆ ଫେସବୁକ ପାଇଁ । ସବୁ ପ୍ରତିବନ୍ଧକକୁ ଡେଇଁ ଫେସବୁକ ସମସ୍ତଙ୍କୁ ନିଜର କରି ପାରିଛି । ସ୍ନେହ, ଶ୍ରଦ୍ଧା ଦେଇ ମନ କିଣିଛି । ସେଥିପାଇଁ ଫେସବୁକ ଆଜି ଲକ୍ଷାଧିକ ଲୋକଙ୍କ ପସନ୍ଦ ପାଲଟିଛି । ସଫଳତାର ୧୦ ବର୍ଷ ଅତିକ୍ରମ କରି ଫେସବୁକ ରେକର୍ଡ ସୃଷ୍ଟି କରିଛି ।

୨୦୦୪ରେ ହାଭାର୍ଡରେ କିଛି ଛାତ୍ରଛାତ୍ରୀ ମେସେଜ ସେୟାର କରି ମଜା ନେବାର ସଫଳତା ଆଜି ବିଶ୍ୱାବସୀ ଅନୁଭବ କରୁଛନ୍ତି । ଯେଉଁ ମଜା ପରବର୍ତ୍ତି କାଳରେ ସାରା ବିଶ୍ୱାବସୀଙ୍କୁ ଏକତାର ସୂତ୍ରରେ ବାନ୍ଧି ପାରିଛି । ଦୀର୍ଘ ଦଶ ବର୍ଷ ହେଲା ଫେସବୁକ କୁହୁକରେ ସାରା ବିଶ୍ୱ ମସଗୁଲ ହୋଇ ଯାଇଛି । ସବୁ ବର୍ଗର ଜନସାଧାରଣ ଏହି ମୟାଜାଲରେ ଏମିତି ବାନ୍ଧି ହୋଇଛନ୍ତିଯେ ସହଜରେ ମୁକୁଳି ପାରୁ ନାହାନ୍ତି । ବିଶେଷକରି ଯୁବପିଢ଼ିଙ୍କ ପାଇଁ ଫେସବୁକ ଏକ ବରଦାନ ସଦୃଶ ପାଲଟିଛି । ବନ୍ଧୁତା ମଧ୍ୟରେ ଦୂରତା କମାଇବାରେ ଏହି ସୋସିଆଲ ମିଡିଆ ଫେସବୁକ ପ୍ରମୁଖ ଭୂମିକା ଗ୍ରହଣ କରିଛି । ଯେଉଁଥିପାଇଁ ଦିନକୁ ଦିନ ଫେସବୁକର ଲୋକପ୍ରିୟତା ଓ ୟୁଜର୍ସଙ୍କ ସଂଖ୍ୟା ବଢ଼ି ଚାଲିଛି । ୧୦ ବର୍ଷ ପୂର୍ବରୁ ଭାରତରେ ଏହାର ସଚେତନତା କମ ଥିଲା । ତେଣୁ ଫେସବୁକ ସମ୍ବନ୍ଧରେ ଅଧିକାଂଶ ଯୁବପିଢ଼ି ଅଜ୍ଞ ଥିଲେ । କିନ୍ତୁ ଆଇଟି ସେକ୍ଟର ଯେପରି ଭାବେ ଦ୍ରୁତ ଗତିରେ ଚାରିଆଡେ ବ୍ୟାପିଲା ଭାରତରେ ମଧ୍ୟ ତାର ପ୍ରଭାବ ପଡିଲା । ଫଳରେ ଫେସବୁକ ଧିରେଧିରେ ଜନାଦୃତ ହେଲା । ମୁମ୍ବାଇ, ଦିଲ୍ଲୀ, ବାଙ୍ଗାଲୋର ଏବଂ ହାଇଦ୍ରାବଦ ଭଳି ମେଟ୍ରୋ ସିଟିରେ ଏହି ସୋସିଆଲ ମିଡିଆ ପ୍ରଚାର ପ୍ରସାର ହେବା ପରେ ଗାଁ ଗହଳିରେ ବି ଏହାର ଜାଲ ପଡି ଯାଇଛି । ଫେସବୁକ ମାଧ୍ୟମରେ ଭାବ ଆଦାନ ପ୍ରଦାନ ଅତି ସହଜରେ ହେଉଥିବାରୁ ସମସ୍ତଙ୍କ ପ୍ରିୟଭାଜନ ହୋଇ ପାରିଛି । ବର୍ତ୍ତମାନସୁଦ୍ଧା ଫେସବୁକର ୧୫୦ ବିଲିଅନ ଡଲାର ସହଯୋଗୀ ହୋଇଥିବା ବେଳେ ୨୦୧.୬ ବିଲିଅନ ବ୍ୟକ୍ତି ବନ୍ଧୁତାର ସୂତ୍ରରେ ବାନ୍ଧି ହୋଇଛନ୍ତି । ପ୍ରତି ମାସରେ ୧.୨୩ ବିଲିଅନ ଲୋକ ଫେସବୁକ ବ୍ୟବହାର କରୁଛନ୍ତି । ପ୍ରତିଦିନ ୬ ବିଲିଅନ ଲୋକ ଫେସବୁକ ପସନ୍ଦ କରୁଥିବା ବେଳେ ୪୦୦ ବିଲିଅନ ଫଟୋ ସେୟାର ହୋଇଛି । ଏହାସହ ୭.୮ ଟ୍ରିଲିଅନ ମେସେଜ ଫେସବୁକରୁ ପଠା ଯାଇଛି । ସୋସିଆଲ କ୍ଲିନିକ ୱେବସାଇଡର ମତ ଅନୁସାରେ କେଳବ ୨୦୧୩ରେ ସାଉଦିରେ ୭.୮ ମିଲିଅନ ଫେସବୁକ ବ୍ୟବହାରକାରୀ ଥିଲେ । ୨୦୦୪ରେ ମାତ୍ର ୧ ମିଲଅନ ଫ୍ୟାନଙ୍କୁ ନେଇ ଆରମ୍ଭ ହୋଇଥିବା ଫେସବୁକ ବର୍ତ୍ତମାନ ୧,୨୩୦ ମିଲିଅନ ବ୍ୟବହାରୀକାରୀଙ୍କ ପାଖରେ ପହଞ୍ଚିଛି । ୨୦୦୫ରେ ୬ ମିଲିଅନ ବ୍ୟବହାରୀକାରୀ ଥିବା ବେଳେ ୨୦୦୭ରେ ୫୮ ମିଲିଅନ, ୨୦୦୮ରେ ୧୪୫ ମିଲିଅନ, ୨୦୦୯ରେ ୩୬୦ ମିଲିଅନ, ୨୦୧୦ରେ ୬୦୮, ୨୦୧୧ରେ ୮୪୫, ୨୦୧୨ରେ ୧,୦୫୬ ଏବଂ ୨୦୧୩ରେ ୧,୨୩୦ ମିଲିଅନ ବ୍ୟକ୍ତି ଫେସବକୁ ବ୍ୟବହାର କରୁଥିବା ୧୦ ବର୍ଷ ପୂର୍ତ୍ତି ଉତ୍ସବରୁ ଜଣାପଡିଥିଲା ।

# ଦୁଦୁରା ଫୁଲର ଔଷଧୀୟ ଗୁଣ

ଶ୍ରାବଣ ମାସରେ ମହାଦେବଙ୍କଠାରେ ବିଲ୍ୱପତ୍ର, ଦୁଦୁରା ଏବଂ କ୍ଷୀର ଚଢ଼ାଇବାର ବିଶେଷ ମହତ୍ତ୍ୱ ରହିଛି । ଦୁଦୁରା ପୁଷ୍ପର ବିଶେଷତା ଓଉପଯୋଗ ଅଧିକ । ଆୟୁର୍ବେଦରେ ଦୁଦୁରାକୁ ବିଷ ବର୍ଗରେ ରଖା ଯାଇଛି । ଏହାର ବୀଜକୁ ଔଷଧ ରୂପେ ରଖାଯାଏ । ଅଧ ଲିଟର ସୋରିଷ ତେଲରେ ଦୁଦୁରା ପତ୍ରର ରସ ମିଶାଇ ଗରମ କରି ମୁଣ୍ଡରେ ଲଗାଇଲେ ଉକୁଣି ଲୋପ



ପାଇଯାଇଥାଏ । ଦୁଦୁରା ପତ୍ରର ରସକୁ ସାମାନ୍ୟ ଗରମ କରି ଗଣ୍ଠି ସ୍ଥାନରେ ଲଗାଇ ପଟି ବାନ୍ଧି ରଖିଲେ ବିନ୍ଧାବୀନ୍ଧି ଦୂର ହୋଇଯାଇ ଥାଏ । ଦୁଦୁରା ଗଛର ପତ୍ର, ଫୁଲ, ଫଳ, ତ୍ୱକ ଏବଂ କାଣ୍ଡର ରସକୁ ମିଶାଇ ରାଶି ତେଲରେ ପକାଇ ଗରମ କରି କାନରେ ପକାଇଲେ କାନ ପରିଷ୍କାର ହେବା ସହ କାନ ପିଡା କମିଯାଏ । ଦୁଦୁରା ମଞ୍ଜିର ପୋଡା ଅଂଶକୁ ଜ୍ୱର ସମୟରେ ଶରୀରରେ ଲଗାଇଲେ ଜ୍ୱର କମ ହୋଇ ଯାଇଥାଏ । ଦୁଦୁରା ଫଳର ଚୁର୍ଣ୍ଣକୁ ଅଧା ଚାମଚ ଗୁଆ ଘିଅ ଓ ମହୁ ସହ ମିଶାଇ ପ୍ରତିଦିନ ସେବନ କଲେ ସ୍ତ୍ରୀ ମାନଙ୍କର ପ୍ରସବ ଠିକ ସମୟରେ ହୋଇଥାଏ ।




# ଶିଶୁ ଶ୍ରମିକ: ସଭିଏଁ ପଢ଼ନ୍ତୁ, ସଭିଏଁ ବଢ଼ନ୍ତୁ !

୧୯୮୬ ନଭେମ୍ବର ୨୦ ତାରିଖରେ ଜାତିସଂଘର ସାଧାରଣ ବୈଠକରେ ଶିଶୁଙ୍କର ୪ଟି ଅଧିକାର ସଂକ୍ରାନ୍ତରେ ବିଶଦ ଭାବରେ ଆଲୋଚନା କରାଯାଇଥିଲା। ଏହାର ପ୍ରଥମ ଧାରାରେ କୁହାଯାଇଛିଯେ ୧୮ବର୍ଷରୁ କମ୍ ବୟସ୍କ ବ୍ୟକ୍ତିହିଁ ଶିଶୁ। ଶିଶୁର ଅଧିକାରରେ ରହିଛି : (୧) ବଂଚିବାର ଅଧିକାର, (୨) ସୁରକ୍ଷା ବା ନିରାପତ୍ତାର ଅଧିକାର (୩) ସୁଶିକ୍ଷା ଅଧିକାର, (୪) ନିଜର ମତବ୍ୟକ୍ତ କରିବାର ଅଧିକାର। ଏହା ଫଳରେ ଶିଶୁଟି ସମସ୍ତ ଶୋଷଣ, ଯନ୍ତ୍ରଣା, ଭର୍ତ୍ସନା, ତା'ପ୍ରତି ଅସଦ୍‌ବ୍ୟବହାର ଇତ୍ୟାଦିରୁ ମୁକ୍ତି ପାଇପାରିବ। ଅନ୍ୟପକ୍ଷରେ ଏକ ନିଶ୍ଚିନ୍ତ ଓ ନିଶ୍ଚିତ ନିରାପତ୍ତା ଜୀବନଯାପନ ସହିତ ସୁସ୍ଥ ଏବଂ ସବଳ ଜୀବନ ସହିତ ସୁଶିକ୍ଷା ପାଇପାରିବ।

ଶିଶୁର ଏହି ଅଧିକାରକୁ ଆହୁରି ସୁଗମ, ସ୍ୱଚ୍ଛଳ ଓ ପିଛିଳ ପାଇଁ ଆମ ସରକାର ୨୦୧୦ ମସିହା ଏପ୍ରିଲ ୧୦ାରୁ ୬ରୁ ୧୪ବର୍ଷ ଯାଏଁ ଶିଶୁମାନଙ୍କୁ ବାଧ୍ୟତାମୂଳକ ଶିକ୍ଷାର ବ୍ୟବସ୍ଥା କରିଛନ୍ତି। ଫଳରେ ସେମାନେ ବିଦ୍ୟାଳୟ ଯିବେ। ଶିଶୁ ଶ୍ରମିକ ପ୍ରଥାରୁ ମୁକ୍ତି ପାଇବେ। ଏଥିପାଇଁ ସର୍ବଶିକ୍ଷା ଅଭିଯାନ ଆମ ଦୁଆର ଉଭା ହୋଇଛି।

'ସଭିଏଁ ପଢ଼ନ୍ତୁ, ସଭିଏଁ ବଢ଼ନ୍ତୁ' ହେଉଛି ସର୍ବଶିକ୍ଷା ଅଭିଯାନର ମୁଖ୍ୟ ଲକ୍ଷ୍ୟ। ଏହାରମାନେ ଏହି ଯେ ୬-୧୪ବର୍ଷ ଶିଶୁମାନେ ନିଶ୍ଚିତ ଭାବେ ବିଦ୍ୟାଳୟକୁ ଯିବେ; ସେଠି ମାଗଣାରେ ୧୪ବର୍ଷ ଯାଏଁ ପଢ଼ିବେ ଏବଂ ସ୍ୱାସ୍ଥ୍ୟକର ପରିବେଶର ନିରୋଗଭାବେ ବଢ଼ିବେ। ଅର୍ଥାତ୍ ପୂର୍ବପରି ଏମାନେ ଶିଶୁଶ୍ରମିକ ଭାବେ ଖଟିବେ



ନାହିଁ। ମୋଟ ଉପରେ ଶିଶୁ ଶ୍ରମିକ ପ୍ରଥା ସଂପୂର୍ଣ୍ଣ ଉଚ୍ଛେଦହେବ। ଉତ୍ତମ ନାଗରିକ ଭାବେ ନିଜକୁ ଗଢ଼ିବାକୁ ହେଲେ ପ୍ରଥମେ ନିଜକୁ ଶିକ୍ଷିତ କରାଇବାକୁ ହେବ। ଏମାନଙ୍କୁ ୬-୧୪ର୍ଷ ମଧ୍ୟରେ ଶ୍ରମ ବା ଅର୍ଥନୈତିକ ସମସ୍ୟା ସହିତ ଜଡ଼ିତ ରଖାଯିବ ନାହିଁ।

ଶିଶୁମାନଙ୍କୁ ଶ୍ରମ ମୁକ୍ତ ରଖିବାପାଇଁ ଶିଶୁ ଶ୍ରମିକ ଆଇନ ରହିଛି। ୧୯୮୬ ଶିଶୁ ଶ୍ରମିକ ଆଇନ ଅନୁଯାୟୀ ୧୩ଟି ବିପଜ୍ଜନକ ସଂସ୍ଥା ଓ ୫୭ଟି ବିପଦପୂର୍ଣ୍ଣ ସଂସ୍ଥାରେ ୧୪ବର୍ଷରୁ କମ୍ ବୟସର ପିଲାଙ୍କୁ ନିଯୁକ୍ତି ନିଷେଧ କରାଯାଇଛି। ଏମାନଙ୍କ ଭିତରେ ଅଛି ଅଟୋ ମୋବାଇଲ ୱାର୍କସପ୍, ଗ୍ୟାରେଜ, ଫାଉଣ୍ଡ୍ରି, ବିସ୍ଫୋରକ ସାମଗ୍ରୀ ପ୍ରସ୍ତୁତି, ତନ୍ତଶିଳ୍ପ, ଖଣି ଖାଦାନ, ପ୍ଲାଷ୍ଟିକ ବା ଫାଇବର କାରଖାନା ଇତ୍ୟାଦି। ଅନ୍ୟାନ୍ୟ ପ୍ରକ୍ରିୟା ଭିତରେ ଅଛି ବିଡ଼ି ବା ଅଗରବତୀ ତିଆରି, ଗାଲିଚା ବୁଣିବା, ମଣି କାଟିବା,



ପଲିସି , ତାଲା ତିଆରି, ଚୁଡ଼ି ପ୍ରସ୍ତୁତି ଓ ଜରି ତିଆରି ଇତ୍ୟାଦି ଅନ୍ତର୍ଭୁକ୍ତ। ଏବେ ସମସ୍ତଙ୍କ ପାଇଁ ଶିକ୍ଷାଯୋଜନାରେ ପ୍ରବର୍ତ୍ତିତ ସର୍ବଶିକ୍ଷା ଅଭିଯାନ ଶିଶୁମାନଙ୍କର ସାକ୍ଷରତା ହାର ବୃଦ୍ଧି କରିବାରେ ସହାୟକ ହେଉଛି। ଶିଶୁ ଶ୍ରମିକଙ୍କ ହାର ହ୍ରାସ କରିବାରେ ବିଦ୍ୟାଳୟ ମାନଙ୍କରେ ମାଗଣା ମଧ୍ୟାହ୍ନ ଭୋଜନ ବ୍ୟବସ୍ଥା, ମାଗଣା ଶିକ୍ଷା ଓ ପୋଷାକ ତଥା ସାଇକେଲ ଇତ୍ୟାଦି ସହାୟତା ବେଶ ଉତ୍କଣ୍ଠା ସୃଷ୍ଟି କରିଛି। ଯେଉଁ କ୍ଷେତ୍ରରେ ଶିଶୁଟିଏ ଶିକ୍ଷା ବିନିମୟରେ ଶ୍ରମ କରି ଅର୍ଥ ଉପାର୍ଜନ କରୁଛି, ସେତ ଅଣ କୁଶଳୀ ହୋଇ ରହୁଛି, ଅପରନ୍ତୁ ବିପଜ୍ଜନକ ଓ ବିପଦପୂର୍ଣ୍ଣ କାର୍ଯ୍ୟରେ ନିୟୋଜନ ହେତୁ ବେଳେବେଳେ ମୃତ୍ୟୁ ମୁଖରେ ପଡୁଛି ଅଥବା ଦୁର୍ଘଟଣା କାରଣରୁ ସବୁଦିନ ପାଇଁ ପଙ୍ଗୁ ଅଥବା ବିକଳାଙ୍ଗ ସାଜି ବେକାର ହୋଇ ଭିକାରୀ ଜୀବନ ଯାପନ କରୁଛି। ଏଥିରୁ ନିବୃତ୍ତି ରଖି ଶିଶୁମାନଙ୍କୁ ଉନ୍ନତ ଭାବରେ ଗଢ଼ିବାରେ ଏବେକାର ସରକାର ଶିକ୍ଷା, ସ୍ୱାସ୍ଥ୍ୟ, ନିରାପତ୍ତା ଏବଂ ପୁଷ୍ଟିସାଧନ ଆଜି ସୁବିଧା ଓ ସୁଯୋଗମାନ ଯୋଗାଇ ଚାଲିଛନ୍ତି।

ଶିଶୁ ଶ୍ରମିକ ପ୍ରଥା ଉଚ୍ଛେଦପାଇଁ ବ୍ୟବସ୍ଥାମାନ ଏବେ ଗ୍ରହଣ କରାଯାଉଛି। ସେଥିପାଇଁ ଶିକ୍ଷା, ଷ୍ଟାଇପେଣ୍ଡ, ପ୍ରୋତ୍ସାହନ, ପ୍ରେରଣା, ସ୍ୱାସ୍ଥ୍ୟ ଓ ଧନ୍ଦାମୂଳକ କାର୍ଯ୍ୟକ୍ରମକୁ ହାତକୁ



ନିଆଯାଇଛି। ଜାତୀୟ ଶିଶୁ ଶ୍ରମିକ ପ୍ରକଳ୍ପ ଅନୁଯାୟୀ ନିୟୋଜିତ ଶିଶୁମାନଙ୍କୁ ତାଙ୍କ କର୍ମସଂସ୍ଥାନରୁ ଫେରାଇଆଣି ସର୍ବଶିକ୍ଷା ଅଭିଯାନ ଅନ୍ତର୍ଭୁକ୍ତ କରାଯାଉଛି। ସେମାନଙ୍କ ଶାରୀରିକ ଯଥାର୍ଥ ବୃଦ୍ଧି ସାଧନ ପାଇଁ ପୁଷ୍ଟିକର ଖାଦ୍ୟ ଯୋଗାଇ ଦିଆଯାଉଛି। ବିଭିନ୍ନ ସ୍ଥାନରେ ଆବଶ୍ୟକତାକୁ ନେଇ ସ୍ୱତନ୍ତ୍ର ବିଦ୍ୟାଳୟ ମଧ୍ୟ ସ୍ଥାପନ ହେଉଛି। ଏହାସତ୍ତ୍ୱେ ଯଦି କୌଣସି ଶିଶୁ ନିୟୋଜନ ଥାଆନ୍ତି ସେଠି ପିତାମାତାଙ୍କୁ ପ୍ରବର୍ତ୍ତାଇବାକୁ ପଦକ୍ଷେପ ନିଆଯାଉଛି ଏବଂ ଶିଶୁଶ୍ରମିକ ନିୟୋଜନ କାରୀଙ୍କୁ ଉପଯୁକ୍ତ ଦଣ୍ଡବିଧାନ କରାଯାଉଛି। ସର୍ବଶିକ୍ଷା କାର୍ଯ୍ୟକ୍ରମ ଅନୁଯାୟୀ ଅଧୁନା ୬-୧୪ବର୍ଷ ଶିଶୁମାନଙ୍କୁ ବିଦ୍ୟାଳୟକୁ ଆଣି



ଶିକ୍ଷାଦେବାର ବ୍ୟବସ୍ଥା ତ୍ୱରାନ୍ୱିତ କରାଯାଉଛି।

ଏସବୁ ସତ୍ତ୍ୱେ ଭାରତରେ ଓଡ଼ିଶାରେ ଶିଶୁ ଶ୍ରମିକ ସଂଖ୍ୟା ସର୍ବାଧିକ। ୨୦୦୩ରେ ଏକ ସର୍ବେକ୍ଷଣରୁ ଜଣାପଡ଼ିଛି ଯେ ସେତେବେଳେ ଗଞ୍ଜାମରେ ଏହାଥିଲା ୬୫,୮୭୮ କେବଳ। ତା'ପରେ ଥିଲା ମୟୂରଭଞ୍ଜ ୬୦,୪୨୪ ଶିଶୁଶ୍ରମିକ। ଏହି କ୍ରମରେ ଏବେବି ସୁନ୍ଦରଗଡ଼, କଟକ, ସମ୍ବଲପୁର, କେନ୍ଦ୍ରାପଡ଼ା, ଭଦ୍ରକ, ଅନୁଗୁଳ... ଇତ୍ୟାଦି ଅଛନ୍ତି।

ଓଡ଼ିଶାରେ ଗ୍ରାମାଞ୍ଚଳରେ ଅଧିକାଂଶ ଶିଶୁ ଶ୍ରମିକ ଚାଷ କାର୍ଯ୍ୟ, ଘରୋଇ ସେବା, ଜଙ୍ଗଲଜାତ ଦ୍ରବ୍ୟ ସଂଗ୍ରହ କରୁଥିବା ବେଳେ ସହରମାନଙ୍କରେ ହୋଟେଲ, ଗ୍ୟାରେଜ, ଢୋତା ପଲିସ୍, ଦରଜୀ ଦୋକାନ, କାଚ ଗୋଦାମ, ମାଛ ଗୋଦାମ, ଚେକରାଟି



ଦୋକାନ ଏବଂ ଘରୋଇ ସେବାରେ ନିୟୋଜିତ ଅଛନ୍ତି। ଏତଦ୍‌ଭିନ୍ନ ବିଡ଼ି ତିଆରି, ଅଗରବତୀ ପ୍ରସ୍ତୁତି, କୋଇଲା ଓ ଲୁହାପଥର ସଂଗ୍ରହ, କବାଡ଼ି ଜିନିଷ ସଂଗ୍ରହ ଇତ୍ୟାଦିରେ ଶିଶୁମାନଙ୍କୁ ନିୟୋଜନ କରାଯାଉଛି। ଏହା ପ୍ରତ୍ୟେକ୍ଷ ବା ପରୋକ୍ଷ ଭାବରେ ଶିଶୁଶ୍ରମିକ ଓ ଶୋଷଣ ଅନ୍ତର୍ଭୁକ୍ତ ଅଟେ। ଏପ୍ରକାର ଶୋଷଣ ପାଇଁ ଆମ ଭିତରେ ଥିବା ପୁଞ୍ଜିପତି ଏବଂ ମୁନାଫାଖୋର ଗୋଷ୍ଠୀଦାୟୀ। ଏଥିପାଇଁ ବର୍ତ୍ତମାନ 'କ୍ୟାମ୍ପେନ୍ ଏଗ୍‌ନେଷ୍ଟ ଚାଇଲଡ୍ ଲେବର' ତରଫରୁ ସଂଗ୍ରାମ ଜାରିରହିଛି। ସେହିପରି ବାଳିକା ଶ୍ରମ ନିଷେଦ୍ଧକୁ ସ୍ୱତନ୍ତ୍ର ଆଇନ ଅଛି।

ଶିଶୁଶ୍ରମିକ ପ୍ରଥା ଲୋପପାଇଁ ଖାଲି ଆଇନ ଯଥେଷ୍ଟ ନୁହେଁ। ଏଥିପାଇଁ ସଚେତନତା ସୃଷ୍ଟିଦରକାର ଏବଂ ସର୍ବଶିକ୍ଷା ଅଭିଯାନର ବାସ୍ତବ ରୂପରେଖ ପାଇଁ ଆନ୍ତରିକ ପ୍ରଚେଷ୍ଟା ଦରକାର। ଏ ଦାୟିତ୍ୱ ମୋର, ଆପଣଙ୍କର ଏବଂ ସଭିଙ୍କର।

ଏହା ସତ୍ୟ ଯେ ଶିଶୁହିଁ ଏ ଜାତିର ଭବିଷ୍ୟତ ଏବଂ କର୍ଣ୍ଣଧାର। ତାକୁ ଠିକ୍ ଭାବରେ ଗଢ଼ି ତୋଳିବା ଦାୟିତ୍ୱ ଆମର।

# ଅଳିଆଗଦାରେ ତରକାରୀ ଆଇନ

କୌଣସି ଭୋଜିରେ ଅଥବା ହୋଟେଲ, ରେଷ୍ଟୁରାଣ୍ଟ, କ୍ୟାଣ୍ଟିନ୍, କ୍ଲବ ଆଦିରେ ଜଣେ ବ୍ୟକ୍ତିଙ୍କୁ ଦୁଇ ପ୍ରକାରରୁ ଅଧିକ ତରକାରୀ ପରସା ଯାଇପାରିବ ନାହିଁ । ଏ ସଂକ୍ରାନ୍ତରେ ଓଡ଼ିଶା ସରକାରଙ୍କ ସ୍ୱତନ୍ତ୍ର ଆଇନଗତ ବ୍ୟବସ୍ଥା ଥିଲେ ମଧ୍ୟ ଏହାକୁ ସରକାରୀକଳ ବି ମାନୁନାହିଁ। ସରକାର ଚଳାଉଥିବା ବ୍ୟକ୍ତିବିଶେଷ ଓ ଉଚ୍ଚ ପଦାଧିକାରୀମାନେ ନିଜ ନିଜର ପତିଆରା ପାଇଁ ସ୍ଥଳବିଶେଷରେ ୨୦ ପ୍ରକାରରୁ ଅଧିକ ବ୍ୟଞ୍ଜନ ପରିବେଷଣ କରାଉଥିଲେ ମଧ୍ୟ ତାହାକୁ ରୋକାଯାଇ ନଥିବାରୁ ସାଧାରଣ ଲୋକଙ୍କ ଉପରେ ଏହି ଆଇନଗତ ବ୍ୟବସ୍ଥାର ସାମାନ୍ୟ ପ୍ରଭାବ ପଡୁନାହିଁ। ଅତ୍ୟାବଶୀକୟ ସାମଗ୍ରୀ ଆଇନ ଆଧାରରେ ଭାରତ ସରକାରଙ୍କ କୃଷି ମନ୍ତ୍ରାଳୟ ୧୯୭୨ ମସିହାରେ ଏପରି ଏକ ବ୍ୟବସ୍ଥା ପ୍ରଣୟନ କରିଥିଲେ। ଓଡ଼ିଶା ସରକାର ୧୯୭୩ ମସିହାରେ 'ଓଡ଼ିଶା ଫୁଡ଼ ରେଷ୍ଟ୍ରିକ୍‌ସନ ଅନ୍ ସର୍ଭିସ ଅଫ୍ ମିଲ୍ସ ବାଇ କ୍ୟାଟରିଙ୍ଗ୍ ଏଷ୍ଟାବ୍ଲିଶମେଣ୍ଟ ଅର୍ଡ଼ର' ଗେଜେଟ ବିଜ୍ଞପ୍ତିରେ ପ୍ରକାଶ କରିଥିଲେ। ଏହି ଆଇନଗତ ବ୍ୟବସ୍ଥା ଅନୁଯାୟୀ ରାଜ୍ୟ ସରକାରଙ୍କ ଦ୍ୱାରା କ୍ଷମତାପ୍ରାପ୍ତ କୌଣସି ଅଧିକାରୀ କିମ୍ୱା ଇନ୍‌ସପେକ୍ଟର ଓ ତଦୁର୍ଦ୍ଧ୍ୱ ପାହ୍ୟାର କୌଣସି ପୋଲିସ୍ ଅଧିକାରୀ ଦୁଇରୁ ଅଧିକ ବ୍ୟଞ୍ଜନ ପରସା ଯାଉଥିବା ଭୋଜି କ୍ଲବ, ହୋଟେଲ, କ୍ୟାଟରିଙ୍ଗ ସଂସ୍ଥା ଆଦି ଉପରେ ଚଢ଼ାଉ କରି ରନ୍ଧା ହୋଇଥିବା ସାମଗ୍ରୀ ଓ ରନ୍ଧନପାତ୍ର ଆଦିକୁ ଜବତ କରିବା ସହିତ ବ୍ୟବସ୍ଥାର ଉଲ୍ଲଘଂନ କରିଥିବା ବ୍ୟକ୍ତିଙ୍କୁ ଜେରା କରିପାରିବେ। କ୍ରିମିନାଲ ପ୍ରୋସିଡିଓର କୋଡ଼ରେ ଥିବା ବିଭିନ୍ନ ଧାରା ଅନୁଯାୟୀ ଖିଲାଫକାରୀଙ୍କ ବିରୁଦ୍ଧରେ କାର୍ଯ୍ୟାନୁଷ୍ଠାନ ହୋଇପାରେ ବୋଲି ଆଇନଗତ ବ୍ୟବସ୍ଥା ଅଛି। କେବଳ ଖାଦ୍ୟ ଯୋଗାଣକାରୀ ସଂସ୍ଥା ନୁହନ୍ତି, କୌଣସି ବ୍ୟକ୍ତି ଦୁଇରୁ ଅଧିକ ତରକାରୀ ଖାଇବାକୁ ନେଇପାରିବେ ନାହିଁ। ପ୍ରମୁଖ ଖାଦ୍ୟ ହିସାବରେ ଭାତ, ଡାଲି, ଚପାତି, ପରଟା, ପୁରି, ଲୁଚି ଆଦି ସହିତ ମାଛ, ମାଂସ କିମ୍ୱା ପରିବାରେ ପ୍ରସ୍ତୁତ ଗୋଟିଏ ତରକାରୀ ଏବଂ ତାହାର ସହଯୋଗୀ ଭାବେ ପରିବା, ଅଣ୍ଡା, ମିଠା ଆଦିରେ ତିଆରି ଆଉ ଗୋଟିକୁ ବ୍ୟବହାର କରିପାରିବେ । ତେବେ ଏହି ତରକାରୀ ବ୍ୟତିତ ସୁପ୍, ବିସ୍କୁଟ, ଜାମ୍, ଜୁସ୍, ଭଜା, ପାମ୍ପଡ଼, ଚଟଣୀ, ଖଟା, ରାଇତା, ପିଆଜ, ଘିଅ, ଲହୁଣି, ଦହି, ଛେନା, ଦୁଗ୍ଧ, କଷ୍ଟାଡ଼ ଆଦି ସେବନ କରାଯାଇପାରିବ। ଖାଦ୍ୟ କଟକଣା ପାଇଁ ଆଇନରେ ଏହି ବ୍ୟବସ୍ଥା ଥିବାବେଳେ ଏବେ ସମ୍ଭ୍ରାନ୍ତ ଲୋକମାନଙ୍କର ବାହାଘର ଭୋଜିରେ ଆଠ ଦଶପ୍ରକାରର ଆମିଷ ଓ ଅନେକ କିସମର ନିରାମିଷ ବ୍ୟଞ୍ଜନ ପରସା ଯାଉଛି। ଯେଉଁମାନେ ଏହାକୁ ଜଗିବା କଥା ସେମାନେ ଭୋଜିଭାତ ଖାଇବା ସଙ୍ଗେ ସଙ୍ଗେ ସେଠାରେ ଆପ୍ୟାୟିତ ହେଉଥିବା ବିଶିଷ୍ଟ ଅତିଥିମାନଙ୍କ ନିରାପତ୍ତା କଥା ଦେଖୁଛନ୍ତି। ବିଦେଶରୁ ଆସୁଥିବା କୂଟନୈତିକ ଅତିଥିମାନଙ୍କୁ ଆପ୍ୟାୟିତ କରିବା ଲାଗି ଆୟୋଜିତ ନୈଶ୍ୟଭୋଜି ପାଇଁ ଏହି ଆଇନଗତ କଟକଣା ଲାଗୁନାହିଁ। ଓଡ଼ିଶା ସରକାର ସହରକୁ ଆସୁଥିବା ଦୂରଦୂରାନ୍ତର ସାଧାରଣ ଲୋକଙ୍କ ପାଇଁ ପାଞ୍ଚ ଟଙ୍କିଆ ଆହାର ଯୋଜନା ପ୍ରଣୟନ କରିଥିଲେ ବି ଏଥିରେ କିନ୍ତୁ ଅବ୍ୟବସ୍ଥା ଦେଖାଯାଉଛି। ଓଡ଼ିଶା ପରି ଅଭାବୀ ଓ ଗରିବ ରାଜ୍ୟରେ ଦିନରେ ଥରେ ମାତ୍ର ଖାଇବାକୁ ସକ୍ଷମ ନଥିବା ଅନେକ ଲୋକ ରହିଥିବାବେଳେ ସରକାରଙ୍କ ପ୍ରଣୀତ ବ୍ୟବସ୍ଥିତ ତରକାରୀ ଆଇନ ଅଳିଆଗଦାରେ ପଡ଼ିଛି। ଇଆଡ଼େ ଭୋଜି ପରଦିନ କୁଢ଼ କୁଢ଼ ବଳିଯାଇଥିବା ବା ଅତିଥିମାନେ ଛାଡ଼ିଥିବା ଅଇଁଠା ଖାଦ୍ୟ ଆବର୍ଜନା ପରିବେଶ ସୃଷ୍ଟି ମଧ୍ୟ କରୁଛି। ପରିବେଶ ପ୍ରଦୂଷଣ ହେଉଥିଲେ ବି ସମସ୍ତେ କିନ୍ତୁ ବେଫିକର। କଥା ହେଉଛି ତଥାକଥିତ ବଡ଼ବଡ଼ିଆମାନେ ନିଜର ଆତ୍ମସମୀକ୍ଷା ନକଲେ ଇଏ ଏକ ପ୍ରହସନ ହୋଇ ଯାହା ରହିବ।

# 'ମର୍ତ୍ତ୍ୟ ମଣ୍ଡଳେ ଦେହ ବହି...'

ଏହି ଅନିତ୍ୟ ସଂସାରରେ ଜନ୍ମ ନେଲେ ଯିବାକୁ ହିଁ ହୁଏ ଦିନେ। ବାସ୍ତବରେ ଯିବାଟା ହିଁ ସତ୍ୟ। ଯାହା ପ୍ରମାଣ କରେ ପୁଣିଥରେ ଆସିବାକୁ। ମାତ୍ର ଯେଉଁମାନେ ପରମପୁରୁଷ ଭଗବତ କୃପାଭିକ୍ଷୁ ଓ ସେବକ ସେମାନେ ଆପଣାର ସ୍ମୃତିର ପଦଚିହ୍ନ ଛାଡ଼ି ଯାଇଥାନ୍ତି ପରବର୍ତ୍ତୀ ସମୟର ଜନମାନସ ପାଇଁ। ସତ୍ୟ, ନ୍ୟାୟ ଓ ତ୍ୟାଗର କ୍ଷୁରଧାରକୁ ଅହର୍ନିଶ ପରୀକ୍ଷା କରୁଥିବା, ଜୀବନ ଯନ୍ତ୍ରଣାରେ ବେଦନାବିଦ୍ଧ ହୋଇ ପରପାଇଁ ସୁଖର ହସ ବାଣ୍ଟୁଥିବା ଜଣେ ସେହିପରି ଅବିସ୍ମରଣୀୟ ବ୍ୟକ୍ତିତ୍ୱ ଥିଲେ ଏହି ପରୋପକାରୀ ଆଧାତ୍ମିକ ସମାଜ ସେବିକା ସ୍ୱର୍ଗତାଃ ରୁକ୍ମଣୀ ଦେବୀ। ତାଙ୍କ ଜୀବନଟା ଥିଲା ଆମ ସମସ୍ତଙ୍କ ପାଇଁ ପ୍ରେରଣାର ଉତ୍ସ। ଏକ ବଡ଼ ଯୌଥ ପରିବାରରେ ଜନ୍ମ ହୋଇ ଦାୟିତ୍ୱ ନିର୍ବାହ କରି ଗରିବ, ଅନାଥ, ଅସହାୟ ଝିଅ ଓ ମହିଳା ମାନଙ୍କ ପାଇଁ ତାଙ୍କ ଜୀବନର ଶେଷ ନିଷ୍ପତ୍ତି ହିଁ କାନ୍ଦୁଥିଲା। ସେ ଥିଲେ ମୋ ଆଧାତ୍ମିକ ସମାଜ ସେବାର ଉତ୍ସ ରୁକ୍ମଣୀ ମାଆ। ପିଲାବେଳର ସ୍ମୃତି ମନେପଡ଼ିଗଲା ବେଳେ ଭାବେ ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ତତ୍ତ୍ୱଜ୍ଞାନ ଯାହା ଥିଲା ସବୁବେଳେ ପ୍ରେରଣା, ସମାଜ ସେବା ହିଁ ବଡ଼ ଉତ୍ସ। ନିଜ ଜୀବନରେ ସେ କେବେ ନିଜର ସମାଜ ସେବାକୁ ପ୍ରଚାର ପ୍ରସାର ଚାହୁଁ ନଥିଲେ ଏବଂ ସଂଯୋଗ ବଶତଃ ମହାପ୍ରଭୁ ଶ୍ରୀଜଗନ୍ନାଥ ହାତଛନ୍ଦି ଥିଲେ ମୋ ଜୀବନ ସାଥି ଉଦୟ କୁମାର ଦାସଙ୍କ ସହିତ। ଯିଏ କି ଆଧାତ୍ମିକ ସମାଜ ସେବା ପାଇଁ ବଡ଼ ପ୍ରେରଣାର ଉତ୍ସ। ଶାସ୍ତ୍ରରେ ନାରୀମାନଙ୍କୁ ସପ୍ତ ସଦ୍‌ଗୁଣର ଅଧିକାରିଣୀ ବୋଲି କୁହାଯାଇଛି। ସତ୍ୟ, ପ୍ରେମ, ଧର୍ମ, ଶାନ୍ତି, ସହନ, ଆନନ୍ଦ ଓ ସ୍ୱାନୁଭୂତି। ସେ ଘରର ସ୍ତ୍ରୀ, ଯେ କି ଘରର ସୁନାମର ଆଧାର। ସେହିପରି ରାଜ୍ୟ ଦେଶ, ଏପରିକି ବିଶ୍ୱର ମର୍ଯ୍ୟାଦା ରକ୍ଷାରେ ନାରୀମାନଙ୍କର ମୁଖ୍ୟ ଭୂମିକା ରହିଛି। ଘର ଭିତରେ ନାରୀକୁ ଗୃହଲକ୍ଷ୍ମୀର ଉଚ୍ଚ ମର୍ଯ୍ୟାଦା ଦିଆଯାଇଛି। ପତି ଅସୁବିଧାର ସମ୍ମୁଖୀନ ହେବା ବେଳେ ପତ୍ନୀ ସଙ୍ଗେ ସଙ୍ଗେ ତାଙ୍କ ଦୁଃଖରେ ଭାଗୀ ହୁଏ ଏବଂ ପତି ତଥା ପରିବାରର କଲ୍ୟାଣ ପାଇଁ ଯେ କୌଣସି କାର୍ଯ୍ୟ କରିବାକୁ ଯେ କୌଣସି ଦୁର୍ଦ୍ଦଶା ଭୋଗିବାକୁ ଏପରିକି ନିଜର ଜୀବନ ତ୍ୟାଗ କରିବାକୁ ପ୍ରସ୍ତୁତ ଥାଏ। ଘରଣୀ ହିଁ ଘରର ସୁନାମ ପଛରେ ଥାଏ। ନାରୀ ତ୍ୟାଗସ୍ୱରୂପିଣୀ ଅଟେ। ପୁରୁଷ ତ୍ୟାଗ କରୁଥିଲେ ବି ସେଥିରେ ସ୍ୱାର୍ଥଭାବନା ଥାଏ, କିନ୍ତୁ ନାରୀର ତ୍ୟାଗ ପୁରାପୁରି ନିଃସ୍ୱାର୍ଥପର। ସେଥିପାଇଁ ଆମେ ଆମର ନାରୀମାନଙ୍କ ପାଇଁ ଗର୍ବ କରିବା ଉଚିତ।

ବ୍ରହ୍ମବୈବର୍ତ୍ତ ପୁରାଣରେ ବର୍ଣ୍ଣିତ ଅଛି– 'ଜଗତ ମାତା ଚ ପ୍ରକୃତିଃ ପୁରୁଷଶ୍ଚ ଜଗତ ପିତା। ଗରିୟସୀ ଜଗତାଂ ମାତା, ମାତା ଶତଗୁଣଂ ପିତା।।' ଅର୍ଥାତ୍ ଜଗତର ଜନ୍ମଦାତ୍ରୀ ହେଉଛନ୍ତି ମାତା। ଜଗତର ପାଳନ ବା ରକ୍ଷାକର୍ତ୍ତା ହେଉଛନ୍ତି ପୁରୁଷ। ସୁତରାଂ ଜନ୍ମଦାତ୍ରୀ ବା ଜଗତର ମାତା, ପିତାଙ୍କ ଠାରୁ ଶହେଗୁଣ ଅଧିକ ଶ୍ରେଷ୍ଠ। ନାରୀଙ୍କ ସ୍ଥାନ ସର୍ବଦା ଆଗରେ। ନାରୀକୁ ପ୍ରଥମ ସ୍ଥାନ ଦିଆଯାଇଛି। ଆଦି ମହୀୟସୀ ମହିଳାମାନେ ନିଜ ନିଜ କ୍ଷେତ୍ରରେ ସେମାନଙ୍କର କାର୍ଯ୍ୟଦକ୍ଷତା ଓ ଅଦମ୍ୟ ଶକ୍ତିର ପରାକାଷ୍ଠା ପ୍ରତିପାଦନ କରି କାଳଜୟୀ ହୋଇପାରିଛନ୍ତି। ନାରୀ ପୁରୁଷଙ୍କଠାରୁ କୌଣସି ଗୁଣରେ କମ ନୁହଁନ୍ତି। ନାରୀ ବିନା ଏ ସୃଷ୍ଟି ସମ୍ଭବ ନୁହେଁ। ନାରୀ ବିନା ସଂସାର କଳ୍ପନା ବୃଥା। ନାରୀ ବିନା ପୁରୁଷ ସମ୍ପୂର୍ଣ୍ଣ ହୋଇପାରେନା। ନର, ନାରୀ ଏକ ରଥର ଦୁଇ ଚକ। ଏକ ଶରୀରର ଦୁଇପାଦ। ଏକ ମୁଖର ଦୁଇ ନେତ୍ର। ଜଣକ ବିନା ଅନ୍ୟଟି ଅସମ୍ପୂର୍ଣ୍ଣ। ତେଣୁ ନାରୀକୁ ପୁରୁଷର ଅର୍ଦ୍ଧାଙ୍ଗିନୀ କୁହାଯାଏ। ଭାରତୀୟ ସଂସ୍କୃତି ଓ ଧର୍ମରେ ନାରୀକୁ ଆବହମନ କାଳରୁ ପୁରୁଷର ଏକ ଓ ଅବିଚ୍ଛିନ୍ନ ଅଙ୍ଗରୂପେ ସ୍ୱୀକାର କରାଯାଇଛି। ପତ୍ନୀ ବିନା ପତିର କୌଣସି ଧର୍ମକାର୍ଯ୍ୟ, ଯଜ୍ଞାଦି କର୍ମ ସଫଳ ହୁଏନା। ତେଣୁ ତୈତ୍ତରୀୟ ପୁରାଣରେ ବର୍ଣ୍ଣିତ ଅଛି – 'ଅଯଜ୍ଞୋ ବା ଏଷ ଯୋ ପତ୍ନୀକଃ।। ଅର୍ଥାତ୍ ଯିଏ ଅପତ୍ନୀକ, ତାର ଯଜ୍ଞପୂର୍ଣ୍ଣ ହୁଏନା। ପତ୍ନୀ ବିନା ଯଜ୍ଞ ଅସମ୍ଭବ ବା ଅପୂର୍ଣ୍ଣ ରହେ। ନାରୀ ସର୍ବଦା କଲ୍ୟାଣକାରୀ। ସେ ପୂଜ୍ୟା। ଗୃହର ଦୀପ୍ତି। ନାରୀ ଧର୍ମକାର୍ଯ୍ୟର ସହାୟିକା ଅଟନ୍ତି। କୁହାଯାଏ – ଦାରାଧିନ ସ୍ତଥା ସ୍ୱର୍ଗଃ... ଅର୍ଥାତ୍ ସ୍ୱର୍ଗ ସ୍ତ୍ରୀର ଅଧିନ ଅଟେ। ମନୁ ସଂହିତାରେ ବର୍ଣ୍ଣିତ ଅଛି – 'ଯତ୍ର ନାର୍ଯ୍ୟବସ୍ତୁ ପୂଜ୍ୟନ୍ତେ ରମନ୍ତେ ତତ୍ର ଦେବତାଃ, ଯତ୍ରୈତାସ୍ତୁ ନ ପୂଜ୍ୟନ୍ତେ ସର୍ବାସ୍ତତ୍ରା ଫଳାଃ କ୍ରିୟାଃ।।' ଯେଉଁ ଗୃହରେ ନାରୀକୁ ସମ୍ମାନ ଦିଆଯାଏ, ସେଠାରେ ଦେବ ବାସ କରନ୍ତି। ଯେଉଁଠାରେ ତା'ର ତିରସ୍କାର ହୁଏ, ସେଠାରେ ସମସ୍ତ କାର୍ଯ୍ୟ ନିଷ୍ଫଳ ହୁଏ। ଜୀବନକାଳ ଭିତରେ ସବୁବେଳେ ସମାଜ ସେବା ଓ ଆଧାତ୍ମିକତା ଭିତରେ ଜୀବନ ନିର୍ବାହ କରିଥିବା ଏପରି କ୍ୱଚିତ ମହିଳାଙ୍କ ଜୀବନ ଆମ ପାଇଁ ପ୍ରେରଣାର ଉତ୍ସ।

ନାରୀମାନଙ୍କୁ ଅଷ୍ଟୈଶ୍ୱର୍ଯ୍ୟ ସ୍ୱରୂପିଣୀ ବୋଲି କୁହାଯାଇଛି। ସେଥିପାଇଁ ଆମ ସଂସ୍କୃତିରେ ପିତା, ଗୁରୁ ଓ ଭଗବାନଙ୍କ ଅପେକ୍ଷା ମାତାଙ୍କୁ ସର୍ବୋଚ୍ଚ ସ୍ଥାନ ଦିଆଯାଉଛି। ଯଥାର୍ଥରେ କୁହାଯାଇଛି 'ଯତ୍ର ନାର୍ଯ୍ୟାସ୍ତୁ ପୂଜ୍ୟନ୍ତେ ତତ୍ର ରମନ୍ତେ ସର୍ବ ଦେବତା'। ତେଣୁ ଉପନିଷଦରେ ବର୍ଣ୍ଣନା ଅଛି – ନାରୀମାନେ ଲକ୍ଷ୍ମୀ ସ୍ୱରୂପିଣୀ ହୋଇଥିବା ଯୋଗୁଁ ସେମାନଙ୍କୁ ସମ୍ମାନିତା କରାଯିବା ବେଳେ ହିଁ ପୃଥିବୀ ସମୃଦ୍ଧିଲାଭ କରିପାରିବ। ତୁମେ ଏହା ନିଜେ ଦେଖିପାରିବ ଯେଉଁଠାରେ ସଚ୍ଚରିତ୍ରା ନାରୀମାନେ ଥାଆନ୍ତି ସେଠାରେ ତୁମେ ସମସ୍ତ ସମୃଦ୍ଧି ପାଇପାରିବ। ତୁମେ ସମସ୍ତେ ଜାଣିଛ ଯେ ବିଶ୍ୱଯୁଦ୍ଧ ସମୟରେ ଅନେକ ଦେଶ କ୍ଷତିଗ୍ରସ୍ତ ହେଲେ। ଭାରତ ଯଦି ଅକ୍ଷୁର୍ଣ୍ଣ ରହିପାରିଲା, ତାହାର କାରଣ ହେଉଛି କେବଳ ସଚ୍ଚରିତ୍ରା ନାରୀମାନଙ୍କ ଉପସ୍ଥିତି। ଭାରତ ନିଜର ମହାନତା ଓ ଗାରିମା ପାଇଁ ନାରୀମାନଙ୍କ ନିକଟରେ ସମ୍ପୂର୍ଣ୍ଣ ଋଣୀ। ତେଣୁ ନାରୀ ମାନଙ୍କୁ ସମ୍ମାନ କର ଏବଂ ସେମାନଙ୍କୁ ସୁଖୀ କର। ଅତୀତ ହେଉ, ବର୍ତ୍ତମାନ ହେଉ ବା ଭବିଷ୍ୟତ ହେଉ ସର୍ବକାଳରେ ନାରୀ ହିଁ ପ୍ରଗତିର ମେରୁଦଣ୍ଡ, ଦେଶ ଓ ଜାତିର ହୃତ୍‌ପିଣ୍ଡ ଓ ପ୍ରାଣବାୟୁ ସଦୃଶ। ଭାରତର ମହାନ ସଂସ୍କୃତିର ସୁରକ୍ଷା କ୍ଷେତ୍ରରେ ନାରୀ ମାନଙ୍କର ଦାନ ଅତୁଳନୀୟ। ବୈଦିକ ଯୁଗରୁ ବର୍ତ୍ତମାନ ପର୍ଯ୍ୟନ୍ତ ନାରୀମାନେ ହିଁ ଭାରତୀୟ ସଂସ୍କୃତିର ସଂରକ୍ଷକ ଓ କର୍ଣ୍ଣଧାର ହୋଇ ଆସିଛନ୍ତି। ଆମ ଜନ୍ମଭୂମି ଭାରତରେ ଅମୃତୋପମ ଭାବ ହେଉଛି ନିଜର ମାତାଙ୍କ ପ୍ରତି ପ୍ରେମ। ଉତ୍ତମ ଚରିତ୍ର ହିଁ ପ୍ରକୃତ ସୌନ୍ଦର୍ଯ୍ୟ, ନୈତିକତା ନାରୀର ପ୍ରାଣବାୟୁ, ଲଜ୍ଜ୍ୟା ତା'ର ଜୀବନୀ ଶକ୍ତି ଓ କଠୋର ସତ୍ୟାନୁସରଣ ହିଁ ତା'ର ପ୍ରତିଦିନର କର୍ତ୍ତବ୍ୟ।

# ରେମୁଣା ସମ୍ବାଦ ସାହିତ୍ୟ ଘର ପକ୍ଷରୁ ସ୍ୱାଭିମାନ ଦିବସ



ବାଲେଶ୍ୱର (ପିଏନ୍)– ରେମୁଣା ସମ୍ବାଦ ସାହିତ୍ୟ ଘର ଆନୁକୂଲ୍ୟରେ ଉତ୍କଳ ଗୌରବ ମଧୁସୂଦନ ଦାସଙ୍କ ଜୟନ୍ତୀରେ ସ୍ୱାଭିମାନ ଦିବସ ସତ୍ୟବତୀ ନଗର ସମ୍ବାଦ କାର୍ଯ୍ୟାଳୟ ପରିସରରେ ଅନୁଷ୍ଠିତ ହୋଇଯାଇଛି। ସାହିତ୍ୟ ଘର ସଭାପତି ଡ. ଭାଗବତ ପ୍ରସାଦ ଦାସଙ୍କ ପୌରହିତ୍ୟରେ ଅନୁଷ୍ଠିତ ସଭାରେ ମୁଖ୍ୟ ଅତିଥି କ୍ଷୀରଚରା ଗୋପୀନାଥ ମନ୍ଦିର ନିର୍ବାହି ଅଧିକାରୀ ସରୋଜ କୁମାର ବେହେରା, ମୁଖ୍ୟ ବକ୍ତା ବାଲେଶ୍ୱର ଓକିଲ ସଂଘର ସଭାପତି ମନୋଜ କୁମାର ନାୟକ, ସମ୍ମାନିତ ଅତିଥି ଅବସର ପ୍ରାପ୍ତ ଅଧ୍ୟକ୍ଷ ଡ. ଶ୍ୟାମସୁନ୍ଦର ପଣ୍ଡା, ଆଇନ ଜିବୀ ମାୟାଧର ମାହାର୍ଣ୍ଣା, ସାହିତ୍ୟକ ବିଧାନ ଚନ୍ଦ୍ର ରାୟ, ଶିକ୍ଷାବିତ୍ ବିଷ୍ଣୁପଦ ପଣ୍ଡା, ସଂଗୀତ ଗୁରୁ ଗଙ୍ଗାଧର ସେଠୀ, ଡ. ସତ୍ୟରଞ୍ଜନ ଦାସ, କବି ନିରଞ୍ଜନ ସାହୁ, ଶିକ୍ଷାବିତ୍ ବୃନ୍ଦାବନ ବେହେରା, ଦିନବନ୍ଧୁ ଦାସ, କବି ଗଙ୍ଗାଧର ଦାସ ପ୍ରମୁଖ ଯୋଗ ଦେଇ କୁଳବୃଦ୍ଧ ଜାତିପ୍ରାଣ ମଧୁବାବୁଙ୍କ ତ୍ୟାଗପୁତ ଜୀବନର ମହନୀୟ ଗୁଣାବଳୀ ଆଲୋଚନା କରି ତାଙ୍କ ଆଦର୍ଶରେ ଅନୁପ୍ରାଣିତ ହେବାକୁ ପରାମର୍ଶ ଦେଇଥିଲେ। ସଂଯୋଜକ ସାମ୍ବାଦିକ ଗୋବିନ୍ଦ ଚନ୍ଦ୍ର ପାଢ଼ୀ ସ୍ୱାଭିମାନ ଦିବସର ଆଭିମୁଖ୍ୟ ଓ ଆମ ଓଡ଼ିଶା ସମ୍ବାଦ ସାହିତ୍ୟ ଘରର କାର୍ଯ୍ୟଧାରା ସଂପର୍କରେ ଆଲୋକପାତ କରି ସମସ୍ତଙ୍କୁ ସ୍ୱାଗତ ଜଣାଇଥିଲେ। କବୟିତ୍ରୀ ସତ୍ୟଭାମା ମୁଦଲି ମଧୁବାବୁଙ୍କ ଆବାହନୀ ଓ ଉଦ୍‌ଯାପନୀ ସଂଗୀତ ଗାନ କରିଥିଲେ। ଦ୍ୱିତିୟ ଅଧିବେଶନରେ କବି ରବୀନ୍ଦ୍ର କୁମାର ବିଶ୍ୱାଳ, କବି ମଧୁସୂଦନ ପାଢ଼ୀ ଓ କୁମାରୀ ଇପ୍ସିତା ସ୍ୱାଇଁ ସଂଯୋଜନାରେ ମଧୁସୂଦନଙ୍କ ଜୀବନୀ ଆଧାରିତ ଓ ସ୍ୱାଭିମାନ ସଂପର୍କିତ ଏକ ମନୋଜ୍ଞ କବିତା ପାଠୋତ୍ସବ ଅନୁଷ୍ଠିତ ହୋଇଥିଲା। ଏଥିରେ ବ୍ୟଙ୍ଗ କବି ପ୍ରଭାକର ସାହୁ, ଯୋଗେଶ ଚନ୍ଦ୍ର ବେହେରା, ଗର୍ଗପଦ ପଣ୍ଡା, ହରେକୃଷ୍ଣ ଗିରି, ସୀତାନାଥ ଦାସ, ମିନତୀ ପାତ୍ର, ଡ. ରତ୍ନାକର ସିଂହ, ନିରଞ୍ଜନ ବେହେରା, ପ୍ରଦୀପ କୁମାର ଉପାଧ୍ୟାୟ, ଷ୍ଟାଲିନ ମିଶ୍ର, ଦିବେନ୍ଦୁ ମଲ୍ଲିକ, କଞ୍ଚମଣି ସ୍ୱାଇଁ, ବାବୁଲି ନାୟକ, ସଇଦନ ବିବି, ଦୁଶମନ୍ତ ଦାସ, କବି ଚକ୍ରଧର ଦାସ, ସତ୍ୟ ନାରାୟଣ ପାକଳ, ନିରଞ୍ଜନ ମାହାର୍ଣ୍ଣା, ଜିତେନ୍ଦ୍ର କୁମାର ଘୋଷାଲ, ସଂଜୟ କୁମାର ପ୍ରଧାନ, ଯତିନ୍ଦ୍ରନାଥ ଜେନା, ରଶ୍ମିବାଳା ଦାସ, ଚକ୍ରଧର ଦାସ, ରାଧାରଞ୍ଜନ ଦାସ, ଇଶ୍ୱର ଚନ୍ଦ୍ର ବେହେରା, ବ୍ୟଙ୍ଗ କବି ପଦ୍ମଲୋଚନ ପ୍ରଧାନ, କାଳୀଚରଣ ବିନ୍ଧାଣୀ ପ୍ରମୁଖ ସ୍ୱରିତ କବିତା ପାଠ କରିଥିଲେ। କାର୍ଯ୍ୟକ୍ରମ ପରିଚାଳନାରେ ଇଂ ମାନସ କୁମାର ପାଢ଼ୀ, ବାବୁଲା ନାୟକ, କମଳା ନାୟକ ଙ୍କ ସମେତ ସାହିତ୍ୟ ଘରର ସଦସ୍ୟ ଓ ସଦସ୍ୟା ମାନେ ସହାୟତା କରିଥିଲେ। ଶେଷରେ କୋଷାଧ୍ୟକ୍ଷ ରମେଶ ଚନ୍ଦ୍ର ମହାରଣା ଧନ୍ୟବାଦ ଦେଇଥିଲେ।

# ଜିଲ୍ଲା ଉପଭୋକ୍ତା ସୁରକ୍ଷା ପରିଷଦ ବୈଠକ ଅନୁଷ୍ଠିତ

କେନ୍ଦ୍ରାପଡ଼ା (ପିଏନ୍): କେନ୍ଦ୍ରାପଡା ଜିଲ୍ଲାପାଳ ଅମ୍ରିତ ଋତୁରାଜଙ୍କ ପୌରୋହିତ୍ୟରେ ଜିଲ୍ଲା ଉପଭୋକ୍ତା ସୁରକ୍ଷା ପରିଷଦ ବୈଠକ ଜିଲ୍ଲାପରିଷଦ ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ହୋଇଯାଇଛି। ଏହି ବୈଠକରେ ଜିଲ୍ଲା ଖାଉଟି ସୁରକ୍ଷା ପରିଷଦର ଅଧିକାରୀ ତଥା ଅତିରିକ୍ତ ଜିଲ୍ଲାପାଳ ପିତାମ୍ବର ସାମଲ, ଉପଜିଲ୍ଲାପାଳ ନିରଞ୍ଜନ ବେହେରା, ଖାଉଟି ସୁରକ୍ଷା ପରିଷଦର ସଭାପତି, କେନ୍ଦ୍ରାପଡା ବିଧାୟକଙ୍କ ପ୍ରତିନିଧି, ପାଟକୁରା ବିଧାୟିକାଙ୍କ ପ୍ରତିନିଧି, ରାଜନଗର ବିଧାୟକଙ୍କ ପ୍ରତିନିଧି, କେନ୍ଦ୍ରାପଡା, ମହାକାଳପଡା, ଗରଦପୁର ବ୍ଲକ ଅଧ୍ୟକ୍ଷ, କେନ୍ଦ୍ରାପଡା ପୌରପରିଷଦର ଅଧ୍ୟକ୍ଷା, ମାପଯନ୍ତ୍ର ଓ ବଜାର ନିୟନ୍ତ୍ରଣର ଜିଲ୍ଲା ଓ ରାଜ୍ୟ ସ୍ତରୀୟ ଅଧିକାରୀ ଓ ଉପଭୋକ୍ତାମାନେ ଉପସ୍ଥିତ ରହି ଉକ୍ତ ବିଷୟରେ ପୁଙ୍ଖାନୁପୁଙ୍ଖ ଭାବେ ଆଲୋଚନାରେ ଅଂଶଗ୍ରହଣ କରିଥିଲେ। ପ୍ରାରମ୍ଭରେ ବୈଠକର ଆବାହକ ତଥା ଅତିରିକ୍ତ ଜିଲ୍ଲାପାଳ ଉପସ୍ଥିତ ସଦସ୍ୟଙ୍କୁ ସ୍ୱାଗତ ଜଣାଇବା ସହ ଖାଉଟି ସୁରକ୍ଷା ସମ୍ପର୍କରେ ବିଶେଷ ବିବରଣୀ ପ୍ରଦାନ କରିଥିଲେ। ଏଥିରେ ଖାଉଟି ସୁରକ୍ଷା ସଭାପତି ପ୍ରବୋଧ କୁମାର ଦାଶ କିପରି ଖାଉଟିଙ୍କ ସୁରକ୍ଷା ନିମନ୍ତେ ଜିଲ୍ଲା, ରାଜ୍ୟ ଓ କେନ୍ଦ୍ର ସ୍ତରରେ କମିଶନମାନ ଗଠନ କରାଯାଇଛି ଏବଂ ଜଣେ ସାଧାରଣ ଖାଉଟି ଏହାର ସଦୁପଯୋଗ କରି ନିଜର ହକ ପ୍ରାପ୍ତ କରିପାରିବ ସେ ସମ୍ପର୍କରେ ଆଲୋକପାତ କରିଥିଲେ। ଏଥିସହ ସେ ଜଣେ ବୋଲେରୋ ହିତାଧିକାରୀ କିପରି ତାଙ୍କ ଗାଡିର ଚେଚିସ ଖରାପ ହୋଇଯିବାରୁ ସେ ମହିନ୍ଦ୍ରା କମ୍ପାନୀ ଠାରୁ ତାଙ୍କର କ୍ଷତିପୂରଣ ପାଇପାରିଲେ ଏକ ସୁନ୍ଦର ଉଦାହରଣ ମାଧ୍ୟମରେ ଘଟଣା ସମ୍ପର୍କରେ ବର୍ଣ୍ଣନା କରିଥିଲେ। ଏହା ପରେ ଓଜନ ଓ ମାପଯନ୍ତ୍ରର ଅଧିକାରୀ କିପରି ଭାବରେ ଜଣେ ହିତାଧିକାରୀ ହାତ ମାପ ଯନ୍ତ୍ର ଓ ଯାନ୍ତ୍ରିକ ମାପ ଯନ୍ତ୍ରର ଅନୀୟମୀତତାର ଠକାମିରେ ଶିକାର ନହେବ ସେ ବିଷୟରେ ପୁଙ୍ଖାନୁପୁଙ୍ଖ ଆଲୋଚନା କରିଥିଲେ।




# ଦେଶରେ ମହିଳା ସଶକ୍ତିକରଣ ପାଇଁ ପ୍ରଧାନମନ୍ତ୍ରୀ ଯୁଗାନ୍ତକାରୀ ପଦକ୍ଷେପ ନେଇଛନ୍ତି: ସମୀର ମହାନ୍ତି

ଭୁବନେଶ୍ୱର,(ପି.ଏନ): ମହାନ କ୍ରାନ୍ତିକାରୀ, ସମାଜ ସୁଧାରକ ଜ୍ୟୋତିବା ଫୁଲେଙ୍କ ଜନ୍ମଜୟନ୍ତୀ ଅବସରରେ ସିନର୍ଜି ଇଷ୍ଟିଚ୍ୟୁଟ ଅଫ ଟେକନୋଲୋଜିଠାରେ ଅନୁସୂଚିତ ଜାତି ଓ ଜନଜାତି ବର୍ଗର ଛାତ୍ରଛାତ୍ରୀଙ୍କୁ ରାଜ୍ୟ ବିଜେପି ସଭାପତି ସମୀର ମହାନ୍ତି ଭେଟି ଜ୍ୟୋତିବା ଫୁଲେଙ୍କ ଦେଶପ୍ରତି ଅବଦାନ ବିଷୟରେ ଅବଗତ କରାଇଥିଲେ। ଯେତେବେଳେ ଦେଶରେ ନାରୀ ଶିକ୍ଷା ପ୍ରତି ଆଦୌ ଧ୍ୟାନ ଦିଆଯାଉନଥିଲା ସେତେବେଳେ ଜ୍ୟୋତିବା ଫୁଲେ ମହିଳାମାନଙ୍କ ଶିକ୍ଷାକୁ ପ୍ରାଧାନ୍ୟ ଦେଇ ପ୍ରତିକୂଳ ପରିସ୍ଥିତିରେ କାର୍ଯ୍ୟ କରୁଥିଲେ। ଜ୍ୟୋତିବା ଫୁଲେ ତାଙ୍କ ପତ୍ନୀ ସାବିତ୍ରୀବାଇ ଫୁଲେଙ୍କ ସହିତ ମିଶି ପୁନେଠାରେ ମହିଳାମାନଙ୍କ ଶିକ୍ଷା କ୍ଷେତ୍ରରେ ଅଗ୍ରଗତି ନିମନ୍ତେ ବାଳିକା ବିଦ୍ୟାଳୟ ସ୍ଥାପନ କରି ନାରୀ ଶିକ୍ଷା ଶିକ୍ଷାଦ୍ୱାରା ସମାଜର ଅଗ୍ରଗତି ସମ୍ଭବ ବୋଲି ବାର୍ତ୍ତା ଦେଇଥିଲେ। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଜ୍ୟୋତିବା ଫୁଲେଙ୍କ ଆଦର୍ଶରେ ଅନୁପ୍ରାଣିତ ହୋଇ ମହିଳାଙ୍କ ପ୍ରତି ବିଭିନ୍ନ ଯୋଜନା ମଧ୍ୟ କରିଛନ୍ତି। ମହିଳାମାନଙ୍କ ପାଇଁ ଶୌଚାଳୟ, ଉଜ୍ଜ୍ୱଳା, ବେଟି ବଚାଓ ବେଟି ପଢ଼ାଓ, ସୁକନ୍ୟା ସମୃଦ୍ଧି ଯୋଜନା, ପୋଷଣ ଅଭିଯାନ ଭଳି ଯୁଗାନ୍ତକାରୀ ପଦକ୍ଷେପମାନ ନେଇ ମହିଳାଙ୍କୁ ସମ୍ମାନ, ସ୍ୱାଭିମାନ ଓ ସଶକ୍ତ କରିବାକୁ ତାଙ୍କ ସରକାରରେ ଅନେକ ଯୋଜନା କରିଥିବାରୁ ରାଜ୍ୟ ସଭାପତି ଶ୍ରୀ ମହାନ୍ତି ଧନ୍ୟବାଦ ଜ୍ଞାପନ କରିଛନ୍ତି। ଏହି କାର୍ଯ୍ୟକ୍ରମରେ ଅନୁଷ୍ଠାନର ପ୍ରତିଷ୍ଠାତା ବିନୋଦ ଦାଶ, ଇଷ୍ଟିଚ୍ୟୁ ନିର୍ଦ୍ଦେଶକ ଚନ୍ଦ୍ରସେନ ଜଗତଦେଓ, ରାଜ୍ୟ ପ୍ରବକ୍ତା ଠାକୁର ରଞ୍ଜିତ ଦାସ, ଯୁବମୋର୍ଚ୍ଚା ରାଷ୍ଟ୍ରୀୟ ଉପାଧ୍ୟକ୍ଷ ଅର୍ପିତା ବଡ଼ଜେନା ପ୍ରମୁଖ ଉପସ୍ଥିତ ଥିଲେ।

# ଲିଜଧାରୀ ନିୟମ ବହିର୍ଭୂତ ଭାବେ ବାଲି ଖଦାନ ଚଳାଉଥିବା

ବାଲେଶ୍ୱର,(ପି.ଏନ): ସଦର ବ୍ଲକ ଅନ୍ତର୍ଗତ ନଗ୍ରମ ଗ୍ରାମ ପଞ୍ଚାୟତ ଓ ରେମୁଣା ବ୍ଲକ ଦହପଡ଼ା ଗ୍ରାମ ପଞ୍ଚାୟତର ଫୁଲଓ୍ୱାର କଷବା, କାଳିପୁର, ଖେଜୁରପୁର, ଦହପଡ଼ା, କଣ୍ଟାବଣିଆ, ଗମ୍ଭାରିଆ ଓ ଧରମପୁର ଗ୍ରାମର ଗ୍ରାମବାସୀ ମାନେ ଲିଜ ନେଇଥିବା ଅରୁଣାକର ଦାସଙ୍କ ବିରୁଧରେ ଜିଲ୍ଲାପାଳଙ୍କୁ ଏକ ଦାବି ପ୍ରଦାନ କରିଛନ୍ତି। ବାଲି ଉଠାଇବା ନିମନ୍ତେ କୌଣସି ଯାନ୍ତ୍ରିକ ବ୍ୟବସ୍ଥା ନିୟମ ନ ଥିବା ବେଳେ ପ୍ରତିଦିନ ପୋକ୍ଲେନ ମେସିନ ମାଧ୍ୟମରେ ନଦୀ ଗର୍ଭରୁ ବେଆଇନ ଭାବରେ ସହ ସହ ସିୟୁଏମ ବାଲି ଉତ୍ତୋଳନ କରୁଛନ୍ତି। ଏହି ବାଲି ସୌରାତ୍ ଚଳାଇବା ପାଇଁ ସମୁଦାୟ ୩୭ ହଜାର ୪୦୦ ସିୟୁଏମ ବାଲି ଉତ୍ତୋଳନ ପାଇଁ ଅନୁମତି ଅଛି। ୦.୩ ମିଟର ହିସାବରେ ବର୍ଷକୁ ଯେତିକି ବାଲି ଉତ୍ତୋଳନ କରିବା କଥା ପ୍ରତିଦିନ ଏହି ମେସିନ ସାହାଯ୍ୟରେ ବେଆଇନ ଭାବେ ବହୁତ ଅଧିକ ବାଲି ଉତ୍ତୋଳନ କରାଯାଉଛି। ଏହା ଦ୍ୱାରା ସରକାର ଉକ୍ତ ସୈରାତ୍‌କୁ ବାର୍ଷିକ ଲକ୍ଷ ଲକ୍ଷ ଟଙ୍କା ରାଜସ୍ୱ ହରାଉଥିବାର ଜଣାପଡୁଛି। ଅଧିକ ବାଲି ଉତ୍ତୋଳନ ଓ ପରିବହନ ଜଣା ପଡିଯିବା ଭୟରେ ତହସିଲ କାଯ୍ୟାଳୟରୁ ମିଳିଥିବା କେଫର୍ମ ଜାଣିଶୁଣି ଗାଡ଼ିକୁ ଦିଆଯାଉ ନାହିଁ। ଉକ୍ତ ବାଲି ସୈରାତ କୌଣସି ଗୋଟିଏ ମଧ୍ୟ ନିୟମର ସର୍ତ୍ତ ଅନୁସରଣ କରୁ ନାହିଁ ଏବଂ ଏହା ଜାତୀୟ ସବୁଜ ପ୍ରାଧିକରଣ (ଏନଜିଟି) ପାସ ହୋଇଛି କି ନାହିଁ ତାହା ମଧ୍ୟ ସନ୍ଦେହ ସୃଷ୍ଟି ହେଉଛି। ନଦୀ ପଠାରୁ ୪୦ ମିଟର ଛାଡ଼ି ଓ ମାତ୍ର ୦.୩ ମିଟର ଗଭୀର ପର୍ଯ୍ୟନ୍ତ ବାଲି ଉଠାଇବାର ନିୟମ ଥିବା ବେଳେ ଉକ୍ତ ଲିଜ୍‌ଧାରୀ ଏହାର ସମ୍ପୂର୍ଣ୍ଣ ଓଲଟା ଅର୍ଥାତ ନଦୀ ପଠାକୁ ଖୋଳି ଡମ୍ଫର ସାହାଯ୍ୟର ସହ ସହ ଟ୍ରିପ ମାଟି ବିକ୍ରି କରୁଛନ୍ତି। ଫଳରେ ନଦୀ ଗର୍ଭରେ ୫୦ ରୁ ୬୦ ଫୁଟ ପର୍ଯ୍ୟନ୍ତ ଗଣ୍ଡ ସୃଷ୍ଟି ହୋଇ କିଛି ଲୋକ ନଦୀରେ ଗାଧଇବା ସମୟରେ ପାଣିରେ ବୁଡ଼ିଯାଇ ମୃତ୍ୟୁ ବରଣ କରୁଥିବା ଉଦ୍ଧାରଣ ମଧ୍ୟ ରହିଛି। ନଦୀ ଜଳଠାରୁ ମାଟି ଖୋଳି ବିକ୍ରି କରିବା ଫଳରେ ବୁଢ଼ାବଳଙ୍ଗ ନଦୀରେ ବନ୍ୟା ଆସିଲେ ନଦୀର ଗତିପଥ ପରିବର୍ତ୍ତନ ହୋଇ ଗ୍ରାମ ଗୁଡ଼ିକ ନଦୀ ଗର୍ଭରେ ଲୀନ ହେବାର ଆଶଙ୍କା ମଧ୍ୟ ସୃଷ୍ଟି ହୋଇଛି। ବର୍ତ୍ତମାନ ଗ୍ରୀଷ୍ମ ସମୟରେ ଗୋରୁ ଗାଇ, ଛେଳି ଇତ୍ୟାଦି ପ୍ରାଣି ମାନେ ପାଣି ପିଇବା ପାଇଁ ନଦୀକୁ ଯିବା ବେଳେ ନଦୀ ପାଣି ଗୋଳିଆ ହୋଇଯାଇଥିବାରୁ ପାଣି ମଧ୍ୟ ପିଇ ପାରୁ ନାହାନ୍ତି।ରାଜ୍ୟ ପରିବେଶ ଓ ପ୍ରଭାବ ମୁଲ୍ୟାୟନ କର୍ତ୍ତୃପକ୍ଷଙ୍କ ଜଣେ ବରିଷ୍ଠ ବୈଜ୍ଞାନିକ, ରାଜ୍ୟ ପ୍ରଦୁଷଣ ବୋର୍ଡ଼ର ବରିଷ୍ଠ ବୈଜ୍ଞାନିକ, ଜିଲ୍ଲାପାଳ କିମ୍ବା ତାଙ୍କ କେହି ପ୍ରତିନିଧି ଓ ଜିଲ୍ଲା ଖଣି ଅଧିକାରୀଙ୍କୁ ନେଇ ଏକ କମିଟି ଗଠନ କରାଯାଇ ସସବା ଦହପଡ଼ା ବାଲି ସୈରାତକୁ ନିରପେକ୍ଷ ତଦନ୍ତ କରି ଯଦି ଆଇନ ବହିର୍ଭୁତ କାର୍ଯ୍ୟ କରାଯାଇ ଥାଏ ତାହାହେଲେ ଲିଜ୍‌ଧାରୀ କରୁଣାକର ଦାସଙ୍କ ଉପରେ ଦିତ କାର୍ଯ୍ୟାନୁଷ୍ଠାନ ନେବାକୁ ଏହି ୨ ଟି ଗ୍ରାମ ପଞ୍ଚାୟତର ଅଧିବାସୀ ମାନେ ଦାବି କରିଛନ୍ତି।

# ଓଡ଼ିଶା ପଥବିକ୍ରେତା ସଂଘ ପକ୍ଷରୁ ଜିଲ୍ଲାପାଳଙ୍କୁ ଦାବିପତ୍ର ପ୍ରଦାନ

ବାଲେଶ୍ୱର: ଆଜି ପୂର୍ବାହ୍ନରେ ଓଡ଼ିଶା ପଥବିକ୍ରେତା ସଂଘ ପକ୍ଷରୁ ଏକ ସୋଭାଯାତ୍ରା ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ ପହଞ୍ଚି ପଥବିକ୍ରେତା ଜୀବିକା ସୁରକ୍ଷା ଓ ପଥ ବିକ୍ରେତା ବିନିମୟ ଆଇନ ଉଲଘଂନ ଏବଂ ପଥବିକ୍ରେତାଙ୍କ ଜୀବିକା ଓ ଜୀବନ ଉଚ୍ଛେଦ ଅଭିଯୋଗ ବନ୍ଦ କରିବାକୁ ଏକ ଦାବିପତ୍ର ପ୍ରଦାନ କରିଛନ୍ତି। ପଥବିକ୍ରେତା ଙ୍କ ଜୀବିକା ସୁରକ୍ଷା ପାଇଁ ୨୦୧୪ କେନ୍ଦ୍ରୀୟ ଆଇନକୁ ବାଲେଶ୍ୱର ପୌର ଓ ଜିଲ୍ଲା ପ୍ରଶାସନ ବାରମ୍ବାର ଉଲଘଂନ କରି ଏହି ବର୍ଗର ମଣିଷଙ୍କ ଜୀବନ ଧାରଣ ଦୁର୍ବିସ କରାଇଲେଣି। ପୌର ଓ ଜିଲ୍ଲା ପ୍ରଶାସନ ବାରମ୍ବାର ଉଚ୍ଛେଦ କରି ପଥ ବିକ୍ରେତା ବୃଦ୍ଧି ଥିବା ସହ ସହ ପଥ ବିକ୍ରେତାଙ୍କ ଆଇନ ଗତ ସାମ୍ବିଧାନିକ ଅଧିକାରକୁ ଛଡ଼ାଇ ନେଇ ବାରମ୍ବାର ଅନ୍ୟାୟ କରିଚାଲିଛନ୍ତି। ଏହି ପରି ରାୟ ଶାସନ ବନ୍ଦ କରି ଉଠା ଦାକାନିଙ୍କୁ ସାମ୍ବିଧାନିକ ସାମାଜିକ ନ୍ୟାୟ ପ୍ରଦାନ କରିବା ନିମନ୍ତେ ଦାବି କରିଛନ୍ତି। ଓଟି ରୋଡ଼ରେ ୨ ଟିକିଆ ରାସ୍ତାର ପିଚୁ ରାସ୍ତା ଶେଷ ଠାରୁ ସାଢ଼େ ୪ ମିଟର ଭିତରେ କୌଣସି ଦୋକାନି ରହି ପାରିବେ ନାହିଁ ବୋଲି ପୌର କାର୍ଯ୍ୟ ନିର୍ବାହି ଅଧକାରୀ ପଥ ବିକ୍ରେତା ସଂଘ କର୍ମକର୍ତ୍ତା ମାନଙ୍କୁ କହିବା ପରେ ପଥ ବିକ୍ରେତା ମାନେ ସେହି ଦିନ ବାହାରକୁ ଉଠାଇ ନେଇଥିଲେ। ରାସ୍ତାର ୨ ପାଶ୍ୱରେ କୌଣସି ଦୋକାନି ରହି ପାରିବେ ନାହିଁ ବୋଲି ଆରଏନବି ସଂସ୍ଥା କର୍ମଚାରୀ ମାନେ ସେଠାରେ ପଥ ବିକ୍ରେତା ମାନଙ୍କୁ ଭୟବିତ କରାଉଛନ୍ତି। ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ପରିସରରେ ସପିଙ୍ଗ କମ୍ପଲେକ୍ସ ନିର୍ମାଣ ବନ୍ଦ କରି ସେହି ଅଟାଳିକା ଗୁଡ଼ିକରେ ଇଂଚୁଡ଼ି ଲବଣ ସତ୍ୟା ଗ୍ରହ ଏବଂ ସ୍ୱାଧିନତା ଆନ୍ଦୋଳର ସଂଗ୍ରହାଳୟ ପ୍ରତିଷ୍ଠା କରାଯାଉଛି। ଓଟି ରୋଡର ସାଢ଼େ ୪ ମିଟର ପର୍ଯ୍ୟନ୍ତ ପ୍ରଶସ୍ତିକରଣ କରାଇବା ପରେ ବାକି ସ୍ଥାନ ଗୁଡ଼ିକ ପଥ ବିକ୍ରେତା କେନ୍ଦ୍ର ଓ ରାଜ୍ୟ କୁଟିରଶିଳ୍ପ, ହସ୍ତଶିଳ୍ପ ସମେତ ଆଞ୍ଚଳିକ ସାମଗ୍ରିର ପଥବିକ୍ରେତା କେନ୍ଦ୍ର ପ୍ରତିଷ୍ଠା କରି ଏହାକୁ ଜାତୀୟ ସ୍ତରରେ ଆକର୍ଷଣୀୟ ପଥ ବିକ୍ରେତା କେନ୍ଦ୍ର କରାଯାଇ ପର୍ଯ୍ୟଟକ ଗ୍ରାହକ ମାନଙ୍କୁ ଆକୃଷ୍ଟ କରାଯାଉ। ବ୍ରିଜ ଅଞ୍ଚଳର କରୋନା ମହାମରୀ ସମୟର ସରକାରୀ ଘୋଷିତ ରିଲିଫ୍ ସମସ୍ତଙ୍କୁ ପ୍ରଦାନ କରାଯାଉ। ଜୟନ୍ତ ଦାସ ଙ୍କ ନେତୃତ୍ୱରେ ଅବିଦ ଖାନ, ମୋହିନି ମୋହନ ପରିଡ଼ା, ଅଭିରାମ ବାରିକ, ପ୍ରଶାନ୍ତ ସେଠୀ, ରତନ ଗିରି, ବିଜୟ ସାହ. ରାଧା ବାରିକ, ସୁମନ ସିଂହ, ନୟନ ମାଲୋହତ୍ରା ପ୍ରମୁଖ ଏହି ଶୋଭା ଯାତ୍ରାରେ ସାମିଲ ହୋଇଥିଲେ।

# ବିଏମ୍‌ସି ମେୟର ଭାବେ ଶପଥ ନେଲେ ସୁଲୋଚନା ଦାସ

ଭୁବନେଶ୍ୱର, (ପି.ଏନ) ଶ୍ରୀମତୀ ସୁଲୋଚନା ଦାସ ଶନିବାର ଦିନ ଭୁବନେଶ୍ୱର ମହାନଗର ନିଗମର ମେୟର ଭାବେ ଶପଥ ଗ୍ରହଣ କରିଛନ୍ତି। ସେ ହେଉଛନ୍ତି ବିଏମସିର ପ୍ରଥମ ମହିଳା ମେୟର। ବିଏମ୍‌ସି କନ୍‌ଫରେନ୍ସ ହଲ୍‌ରେ ଆୟୋଜିତ ଶପଥ ଗ୍ରହଣ ଉତ୍ସବରେ ଗୃହ ଓ ନଗର ଉନ୍ନୟନ ବିଭାଗର ପୌର ପ୍ରଶାସନ ନିର୍ଦ୍ଦେଶକ ସଂଗ୍ରାମଜିତ୍ ନାୟକ ତାଙ୍କୁ ଶପଥ ପାଠ କରାଇଛନ୍ତିଶପଥ ଗ୍ରହଣ କରିବା ପରେ ସୁଲୋଚନା ଦାସ ରାଜଧାନୀବାସୀଙ୍କୁ ଧନ୍ୟବାଦ ଦେବା ସହ ଭୁବନେଶ୍ୱରର ବିକାଶ ତାଙ୍କର ଲକ୍ଷ୍ୟ ବୋଲି କହିଛନ୍ତି। ଟିମଓ୍ୱାର୍କ ଜରିଆରେ ରାଜଧାନୀର ବିକାଶ କରାଯିବ। ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଭୁବନେଶ୍ୱରକୁ ବିଶ୍ୱସ୍ତରୀୟ କରିବାକୁ ଯେଉଁ ସ୍ୱପ୍ନ ଦେଖିଛନ୍ତି, ସେଭଳି ଭୁବନେଶ୍ୱରଟିଏ ତିଆରି ହେଲେ ହିଁ ସମସ୍ତଙ୍କର ସ୍ୱପ୍ନ ପୂରଣ ହେବ ବୋଲି ସୁଲୋଚନା ଦାସ କହିଛନ୍ତି।ସେ ଆହୁରି କହିଛନ୍ତି ଯେ ରାଜଧାନୀର ସାଢେ ୧୧ ଲକ୍ଷ ଲୋକ ଆମ ପରିବାର। ଶେଷ ଲୋକ ପର୍ଯ୍ୟନ୍ତ କିଭଳି ଆମ ଯୋଜନା ପହଞ୍ଚିବ ସେଥିପାଇଁ କାମ କରିବୁ। ସ୍ମାର୍ଟ ସିଟିରେ ନଂ-୧ ଯେଭଳି ବଜାୟ ରହିବ ବୋଲି ସେ କହିଛନ୍ତି। ସେହିପରି ସେ କହିଛନ୍ତି ଯେ ଭୁବନେଶ୍ୱରରେ ଅନେକ ଐତିହାସିକ କିର୍ତ୍ତୀରାଜି ରହିଛି। ସେଗୁଡିକର କିଭଳି ରକ୍ଷଣବେକ୍ଷଣ କରିହେବ ସେନେଇ କାମ କରିବୁ। ମୁଖ୍ୟମନ୍ତ୍ରୀ ଭୁବନେଶ୍ୱର ବିକାଶ ନେଇ ଯେଉଁ ପଦକ୍ଷେପ ନେଇଛନ୍ତି। ତାକୁ ଗୁରୁତ୍ୱ ଦେଇ ସବୁବେଳେ କାମ କରିବୁ ବୋଲି ସେ କହିଛନ୍ତି।

# ଗୁଣାତ୍ମକ ଶିକ୍ଷା ପ୍ରଣାଳୀର ପୁନରୁଦ୍ଧାର ପ୍ରୟୋଜନ

ଭୁବନେଶ୍ୱର(ପିଏନ)- ଭାରତ ବର୍ଷର ପ୍ରାଚୀନ ଗୁରୁକୁଳ ଶିକ୍ଷା ପରମ୍ପରା ଖୁବ ମହାନ ଓ ମହିମାମୟ ଥିଲା। ଏହି ଗୁଣାତ୍ମକ ଏବଂ ଗୌରବାନ୍ୱିତ ଶିକ୍ଷା ପଦ୍ଧତି ର ପୁନରୁଦ୍ଧାର ସାମ୍ପ୍ରତିକ ଯୁଗରେ ଖୁବ ପ୍ରାସଙ୍ଗିକ ଓ ବାସ୍ତବିକ ବୋଧ ହେଉଥିବା ଡ଼.ପାତ୍ର ସୂଚାଇଛନ୍ତି। ଭୁବନେଶ୍ୱରର ନୂଆପଲ୍ଲୀ ଠାରେ ଏସାର ସିଷ୍ଟମ୍ସ ଏବଂ ଗୁରୁକୁଳ ଅନଲାଇନ ଶିକ୍ଷା ବ୍ୟବସ୍ଥାର ଭାରତ କାର୍ଯ୍ୟାଳୟ ଓ ଆନ୍ତର୍ଜାତିକ ମୁଖ୍ୟାଳୟ ର ଭରଚୁଆଲ ଶୁଭ ଉଦଘାଟନ କରି ଡ଼.ପାତ୍ର ବର୍ତ୍ତମାନ ପ୍ରଚଳିତ ଶିକ୍ଷା ପ୍ରଣାଳୀର ନୈତିକ ,ବୈଷୟିକ ,ପ୍ରଯୁକ୍ତିଗତ ଓ ବ୍ୟବହାରିକ ମାନ ବୃଦ୍ଧି କରିବାରେ ଏସାର -ଗୁରୁକୁଳ ନିଶ୍ଚିତ ଭାବେ ସକ୍ଷମ ହେବ ବୋଲି ଆଶା ପ୍ରକାଶ କରିଥିଲେ।

ଉଦଘାଟନୀ ଉତ୍ସବରେ ସମ୍ମାନୀତ ଅତିଥି ଭାବରେ ଯୋଗଦେଇ ରାଜ୍ୟ ସରକାରଙ୍କର ଇଲେକ୍‌ଟ୍ରୋନିକ୍ସ , ପ୍ରଯୁକ୍ତି ବିଦ୍ୟା , କ୍ରୀଡା ,ଯୁବସେବା ମନ୍ତ୍ରୀ ତୁଷାରକାନ୍ତି ବେହେରା, ଫିତା କାଟି ଗୃହ ପ୍ରବେଶ କାର୍ଯ୍ୟ ସମ୍ପନ୍ନ କରିଥିଲେ। ଏହି ଅବସରରେ ଆୟୋଜିତ ଏକ ଆନ୍ତର୍ଜାତୀକ ଓ୍ୱେବିନାରକୁ ସମ୍ବୋଧନ କରି ଶ୍ରୀ ବେହେରା ସାରା ବିଶ୍ୱରେ ଓଡ଼ିଆ ଭାଷା ର ପ୍ରଚାର , ପ୍ରସାର ଏବଂ ଏହାକୁ ଲୋକପ୍ରିୟ କରିବା ପାଇଁ ଏସାର - ଗୁରୁକୁଳ ଯେପରି ମାଗଣା ଅନ ଲାଇନ ଶିକ୍ଷା ପ୍ରଦାନର ପ୍ରକ୍ରିୟା ପ୍ରାରମ୍ଭ କରିବାକୁ ଯାଉଛି , ତାର ଭ ?ଯସୀ ପ୍ରସଂଶା କରିଥିଲେ। ଆଜି ଇ -ଶିକ୍ଷା ଏବଂ ୫ ଜି ଟେକ୍ନୋଲୋଜିକୁ ଆପଣେଇବା ସମୟୋଚିତ ହେବ ବୋଲି ମନ୍ତ୍ରୀ କହିଥିଲେ।ସମାରୋହରେ ବିଶିଷ୍ଟ ଅତିଥି ଭାବରେ ସାମିଲ ହୋଇ ପୂର୍ବତନ ମନ୍ତ୍ରୀ ଅମର ଶତପଥୀ , ଆମର ଶିକ୍ଷା ବ୍ୟବସ୍ଥା ସମ୍ପୂର୍ଣ ମାତ୍ରାରେ ପ୍ରଯୁକ୍ତି ବିଦ୍ୟାର କ୍ରୀତଦାସ ନ ସାଜି ସ୍ୱୟଂସମୃଦ୍ଧ ଓ ସୃଜନଶୀଳଯୁକ୍ତ ହେବା ଆବଶ୍ୟକ ବୋଲି ପରାମର୍ଶ ଦେଇଥିଲେ। ଅସ୍କାର ବିଧାୟିକା ମଞ୍ଜୁଳା ସ୍ୱାଇଁ ,ଏସାର - ଗୁରୁକୁଳ ଦ୍ୱାରା ସାରା ପୃଥିବୀରେ ଓଡ଼ିଆ ଶିକ୍ଷାକୁ ପରିବ୍ୟାପ୍ତ କରିବାର ପ୍ରୟାସକୁ ସ୍ୱାଗତ ଜଣାଇଥିଲେ।

ଆନ୍ତର୍ଜାତିକ ଶୋଭନୀୟ ଆନ୍ଦୋଳନର ମୁଖ୍ୟ ଗୁରୁମା ଡ଼. ଅରୁନ୍ଧତି ଦେବୀ , ବିଦେଶରେ ଲୁପ୍ତ ପ୍ରାୟ ହେବାକୁ ଯାଉଥିବା ଓଡ଼ିଆ ଭାଷା କୁ ପୁନରୁଦ୍ଧାର କରିବା ଏବଂ ବର୍ତ୍ତମାନ ତଥା ଭବିଷ୍ୟତ ପିଢୀକୁ ଏହାର ଉପାଦେୟତା ପ୍ରତି ସଚେତନ କରାଇବା ଓ ଏଥିପ୍ରତି ଆକୃଷ୍ଟ କରିବା ଦିଗରେ ଏସାର - ଗୁରୁକୁଳ ନିଶ୍ଚିତ ଭାବରେ ନିର୍ଣ୍ଣାୟକ ଭୂମିକା ଗ୍ରହଣ କରିବ ବୋଲି ଭରସା ପ୍ରକଟ କରିଥିଲେ। ମାନବିକତା ଧର୍ମୀ ଶିକ୍ଷା ପାଇଁ ଉଦ୍ଦିଷ୍ଟ ଗୁରୁକୁଳ, ବିଦ୍ୟାର୍ଥୀର ଜୀବନ ଓ ମାନସିକତା ନିର୍ମାଣ କରିବ ବୋଲି ଡ଼.ଦେବୀ ଉଲ୍ଲେଖ କରିଥିଲେ। ପ୍ରବାସରେ ଓଡ଼ିଆ ପାଠ୍ୟକ୍ରମ ଶିକ୍ଷାଲାଭ କରୁଥିବା ଛାତ୍ର ଛାତ୍ରୀମାନଙ୍କୁ ଅନଲାଇନ ପରୀକ୍ଷା ଦେବାର ସୁଯୋଗ ପ୍ରଦାନ କରିବାକୁ ଚେନ୍ନାଇ ସ୍ଥିତ ପ୍ରବାସୀ ଓଡ଼ିଆ ସାଂସ୍କୃତିକ ସମାଜର ସଭାପତି ଶାନ୍ତନୁ କୁମାର ଜେନା, ରାଜ୍ୟ ସରକାରଙ୍କର ଦୃଷ୍ଟି ଆକର୍ଷଣ କରିଥିଲେ। ଅନଲାଇନ ଯୋଗେ ନୂଆକରି ଯୁଗୋପଯୋଗୀ ଗୁରୁଶିଷ୍ୟ ପରମ୍ପରାର ପୁନରୁଦ୍ଧାର, ସମୟର ଆହ୍ୱାନ ବୋଲି ନୂଆଦିଲ୍ଲୀ ସ୍ଥିତ ଡ଼. ଆମ୍ବେଦକର ଫାଉଣ୍ଡେସନ ର ନିର୍ଦ୍ଦେଶକ ଡ଼. ଦେବେନ୍ଦ୍ର ମାଝୀ ଦର୍ଶାଇଥିଲେ।

ସ୍ୱାଗତ ଭାଷଣ ପ୍ରଦାନ କରି ଉତ୍ସବର ସହ ଆୟୋଜକ ବରିଷ୍ଠ ସାମ୍ବାଦିକ ତଥା ବନ୍ଦେ ଉତ୍କଳ ଫାଉଣ୍ଡେସନ ର ପ୍ରତିଷ୍ଠାତା ଅଧକ୍ଷ କିଶୋର ଦ୍ୱିବେଦୀ , ଏସାର - ଗୁରୁକୁଳ ପାରମ୍ପରିକ ଶିକ୍ଷା ପ୍ରଦାନ ଓ ଗ୍ରହଣ କ୍ଷେତ୍ରରେ ଏକ ବୈପ୍ଲବିକ ପରିବର୍ତ୍ତନ ଆଣିବା ପାଇଁ ଯାଉଥିବା ସୁଚାଇଥିଲେ। ବିଦ୍ୟାର୍ଥୀ ଶିକ୍ଷାଦାନ ନିକଟକୁ ନ ଆସି ଶିକ୍ଷାକୁ ବିଦ୍ୟର୍ଥୀର ଦୁଆର ମୁହଁରେ ସପ୍ତାହକୁ ସାତଦିନ ଓ ୨୪ ଘଣ୍ଟା ଧରି, ତାଙ୍କର ସୁବିଧା ଅନୁସାରେ ପହଞ୍ଚାଇବା, ଏହି ନୂଆ ଶିକ୍ଷାକ୍ରମର ଅସଲ ଉଦେଶ୍ୟ ବୋଲି ଶ୍ରୀ ଦ୍ୱିବେଦୀ ଦର୍ଶାଇଥିଲେ।

ଉଭୟ ପ୍ରକୃତ ଓ ଓ୍ୱ ?ବ ଯୋଗେ ଆୟୋଜିତ ଏହି ଉଦଘାଟନୀ ସମାରୋହର ମୁଖ୍ୟ ଆୟୋଜକ ଏବଂ ଏସାର- ଗୁରୁକୁଳ ର ଅଧକ୍ଷ ତଥା ପରିଚାଳନା ନିର୍ଦ୍ଦେଶକ ଇଂ ମୀନକେତନ ବିଶ୍ୱାଳ ଧନ୍ୟବାଦ ପ୍ରଦାନ କରି ଏସାର- ଗୁରୁକୁଳ ସଂସ୍ଥା ଗଠନ ପଛରେ ଥିବା ଦାର୍ଶନିକ ଓ ଆଧ୍ୟାତ୍ମିକଗତ ମହତ ଭାବନା ଉପରେ ଆଲୋକପାତ କରିଥିଲେ। ଦେଶର ଶିକ୍ଷା ବ୍ୟବସ୍ଥାର ଆମୂଳଚୂଳ ନବୀକରଣ ଓ ଏହାର ମାନବର୍ଦ୍ଧନ ପାଇଁ ଏସାର - ଗୁରୁକୁଳ ବଦ୍ଧପରିକର ବୋଲି ଇଃ ଶ୍ରୀ ବିଶ୍ୱାଳ ଉଲ୍ଲେଖ କରିଥିଲେ।

ସମଗ୍ର ଡିଜିଟାଲ କାର୍ଯ୍ୟକ୍ରମକୁ ଏସାର- ଗୁରୁକୁଳ ପରିକଳ୍ପନାର ସର୍ଜନାକାରୀ ଏବଂ ସି .ଏମ .ଡି ଇଃ ଶ୍ରୀ ବିଶ୍ୱାଳଙ୍କର ସୁପୁତ୍ର ଶିବ ରଞ୍ଜନ ବିଶ୍ୱାଳ ମାଞ୍ଚେଷ୍ଟର ରୁ ସଂଯୋଜନା କରିଥିଲେ। ଆୟୋଜନର ସୁପରିଚାଳନା କରିବାରେ ଶିବ କୁମାର ବିଶ୍ୱାଳ , ପ୍ରକାଶ ନାୟକ, ଦିଲ୍ଲୀପ କୁମାର ସାହୁ ଏବଂ ବିକାଶ ଚନ୍ଦ୍ର ନାୟକ ପ୍ରମୁଖ ମୁଖ୍ୟଭୂମିକା ଗ୍ରହଣ କରିଥିଲେ ଛ ଶେଷରେ ଜଗବନ୍ଧୁ ମୂଦ୍ଦୁଲି ଓ ତାଙ୍କର ସାଥି କଳାକାର ମାନେ ମନୋରଂଜକ ଭଜନ ପରିବେଷଣ କରିଥିଲେ।

2024-2025

ADMISSION OPEN

Maharishi Public School, Baripada

STD-NURSERY TO VIII

ENROLL YOUR CHILD TODAY

Special discount for new admission before 15.03.2024

Find the Difference
- Small Classes
- Experienced, trained & loving teachers.
- Individual attention to each child.
- Regular meditation and yoga.
- Unique exam system, evaluation & Principles etc.

25% reservition as per RTE Act (2009)

MAHARISHI PUBLIC SCHOOL
Baghra Road, Baripada
For details
Contact :
Call-9438102188, 06792-255227
Time : 8.00 A.M. to 12.00 noon
E-mail- mps.bpd@gmail.com
Find us on
Facebook.com/Mps, Baripada



## ପଳାଶୁଣିରେ ହେବ ଫୁଟ୍ ଓଭରବ୍ରିଜ୍ , ଜାଗା ଦେଖିଲେ ସାଂସଦ ଅପରାଜିତା ଷଡଙ୍ଗୀ

ଭୁବନେଶ୍ୱର ,(ପି.ଏନ): ରାଜଧାନୀର ଦୁର୍ଘଟଣା ପ୍ରବଣ ସ୍ଥାନ ପଳାଶୁଣିରେ ନିର୍ମାଣ ହେବ ଫୁଟ୍ ଓଭରବ୍ରିଜ୍। ୧୬ ନମ୍ବର ଜାତୀୟ ରାଜପଥର ପଳାଶୁଣିଠାରେ ଫୁଟ୍ ଓଭରବ୍ରିଜ୍ ନିର୍ମାଣ ନେଇ ଭୁବନେଶ୍ୱରର ସାଂସଦ ଅପରାଜିତା ଷଡଙ୍ଗୀ ଟୁଇଟ୍ କରି ସୂଚନା ଦେଇଛନ୍ତି। ସାଂସଦ ଶ୍ରୀମତୀ ଷଡଙ୍ଗୀ ମଙ୍ଗଳବାର ଦିନ ଏଥିପାଇଁ ଜାଗା ପରିଦର୍ଶନ କରିଛନ୍ତି। ଏହାସହିତ ସାଂସଦ ଶ୍ରୀମତୀ ଷଡ଼ଙ୍ଗୀ ଜାତୀୟ ରାଜପଥ ପ୍ରାଧିକରଣ (ଏନଏଚଏଆଇ) ର ଅଧିକାରୀଙ୍କ ସହିତ ଆଲୋଚନା କରିଛନ୍ତି।

# ଡିଏସ୍‌ପି ଏମଏଫ ଉନ୍ମୋଚନ କଲା 'ଭିଜନ ୨୦/୨୦'

ଭୁବନେଶ୍ୱର (ପିଏନ): ବ୍ୟବସାୟର ଭବିଷ୍ୟତ ସମ୍ପର୍କରେ ଦୂରଦୃଷ୍ଟି ପୋଷଣ କରିବାକୁ ଡିଏସ୍‌ପି ମ୍ୟୁଚୁଆଲ ଫଣ୍ଡ୍ 'ଭିଜନ ୨୦/୨୦' ଶୀର୍ଷକରେ ଏକ ଆକଳନ ବିଚାରାଧାରାକୁ ଉପସ୍ଥାପନ କରୁଛି। ଡାକ୍ତରୀ ଶାସ୍ତ୍ରରେ ୨୦/୨୦ ଦୃଷ୍ଟିଶକ୍ତିର ତୀକ୍ଷ୍ଣ ଅବସ୍ଥା ସମ୍ପର୍କରେ ସୂଚିତ କରୁଛି। ଡିଏସ୍‌ପି ଏମଏଫ ନିବେଶକ ଅଥବା ସମ୍ଭାବ୍ୟ ନିବେଶକ ବ୍ୟବସାୟ ସଂସ୍ଥାଗୁଡିକର ଭବିଷ୍ୟତ ସମ୍ପର୍କରେ ଆକଳନ କରିବା ସମୟରେ ତାହାକୁ ଉଚ୍ଚ ଦୃଶ୍ୟମାନ, ମଧ୍ୟମ ଦୃଶ୍ୟମାନ ଏବଂ ନିମ୍ନ ଦୃଶ୍ୟମାନ ବ୍ୟବସାୟ ସଂସ୍ଥା ଭାବରେ ପୃଥକ କରି ତିନିଟି ଲେନ୍‌ସର ଉପଯୋଗ କରିଛି। ଏହି ଆକଳନରେ କୁହାଯାଇଛି ଯେ ମଧ୍ୟମରୁ ଉଚ୍ଚ ଆୟକାରୀ ବର୍ଗ ଉବେର / ଓଲା ସେବା ବ୍ୟବହାର କରିବା ପରିବର୍ତ୍ତେ ବ୍ୟକ୍ତିଗତ କାର୍ ଅଥବା ଦୁଇଚକିଆ ଗାଡି ଖରିଦ କରିବାକୁ ପସନ୍ଦ କରିବେ। ସମ୍ପ୍ରତି କମ୍ ବ୍ୟୟସାପେକ୍ଷ ଏବଂ ବଜାରରେ ଚାହିଦା ଥିବା ବ୍ୟବହୃତ (ସେକେଣ୍ଡ ହ୍ୟାଣ୍ଡ) ଗାଡିଗୁଡିକର ଚାହିଦା ବୃଦ୍ଧିପାଇଛି। ଅନୁରୂପ ଭାବେ ଏକାଧିକ ସପିଂ ଆପ୍ଲିକେସନ ଜରିଆରେ ଜନସାଧାରଣ ଅନ୍‌ଲାଇନରେ କିଣାକିଣି କରୁଛନ୍ତି ଏବଂ ଅନ୍‌ଲାଇନ ସ୍ୱାସ୍ଥ୍ୟଯନ୍ ତଥା ଔଷଧ ଆଦିର ଚାହିଦା ବିପୁଳ ବୃଦ୍ଧି ଘଟିଛି। ଦରିଦ୍ର ଲୋକଙ୍କ ପାଇଁ ସରକାର ଉନ୍ନତ ଜୀବନ ନିର୍ବାହ ପରିବେଶ ଯୋଗାଇବା ଉପରେ ଗୁରୁତ୍ୱ ଦେବା ସମ୍ଭାବନା ଥିବାରୁ ସୁଲଭ ମୂଲ୍ୟ ବାସଗୃହ ନିର୍ମାଣ ମଧ୍ୟ ତ୍ୱରାନ୍ୱିତ ହୋଇପାରେ। ଅନ୍ୟପକ୍ଷରେ ଓ୍ୱାର୍କ ଫ୍ରମ ହୋମ୍ (ଘରେ ରହି ଅଫିସ କାମ କରିବା) ବ୍ୟବସ୍ଥା ଦ୍ୱାରା ଘରଭଡା ବ୍ୟବସାୟ ପ୍ରଭାବିତ ହୋଇପାରେ ଏବଂ ସେହି ସମୟରେ ଇôକ୍ଷଶ୍ୱ;ରନେଟ୍ କାରବାର ବ୍ୟାପକ ହେବ ଏବଂ ଏହାଦ୍ୱାରା ଦୂରସଂଚାର କମ୍ପାନୀଗୁଡିକ ଫାଇଦା ପାଇବେ। ଏଭଳି ପରିସ୍ଥିତିରେ ପ୍ୟାକେଟରେ ଆସୁଥିବା ପ୍ରସ୍ତୁତ ଖାଦ୍ୟର ଚାହିଦା ବୃଦ୍ଧିପାଇବ। ରପ୍ତାନିଭିତ୍ତିକ ଔଷଧୀୟ କମ୍ପାନୀଗୁଡିକ ମଧ୍ୟ 'ଆତ୍ମନିର୍ଭର ଭାରତ' ବିଷୟରୁ ସୁଯୋଗ ନେବାକୁ ଉତ୍ତମ ସ୍ଥିତିରେ ଅଛନ୍ତି। ହ୍ୟାଣ୍ଡ ସାନିଟାଇଜର, ହ୍ୟାଣ୍ଡ ଓ୍ୱାଶ୍ ଭଳି ସାମଗ୍ରୀର କାରବାର ୧୦ହଜାର ଗୁଣ ବୃଦ୍ଧିପାଇଛି। ଅନ୍ୟପକ୍ଷରେ ସାମାଜିକ ନିରାପତ୍ତା ବ୍ୟବସ୍ଥାର ଅଭାବ ଏବଂ ବ୍ୟୟବହୁଳ ସ୍ୱାସ୍ଥ୍ୟଯନ୍ ସହିତ ଭାରତରେ ସୁରକ୍ଷା ପ୍ରଦାନକାରୀ ପଲିସୀର ଖୁବ କମ୍ କାରବାର ଯୋଗୁଁ ଉଭୟ ସ୍ୱାସ୍ଥ୍ୟ ଓ ଟର୍ମଲାଇଫ ଇନସ୍ୟୁରାନ୍ସ ଚାହିଦା ବୃଦ୍ଧି ପାଇପାରେ। ଏହାକୁ ଡିଏସ୍‌ପି ଏମଏଫ ଭିଜନ ୧୫/୨୦ ବର୍ଗରେ ସ୍ଥାନିତ କରିଛି। ବେତନ କାଟ ଏବଂ ଚାକିରୀ ଛଟେଇ ଭଳି ଜଟିଳ ସମୟରେ ସାଧାରଣ ଜନତାଙ୍କ ଦ୍ୱାରା ଆଦୃତ ହେଉଥିବା ବ୍ରାଣ୍ଡ୍‌ଗୁଡିକ ପ୍ରିମିୟମ ବ୍ରାଣ୍ଡ୍‌ଗୁଡିକୁ ପଛରେ ପକାଇଦେବା ଆଶା

କରାଯାଉଛି, କାରଣ ଗ୍ରାହକମାନେ ମୂଲ୍ୟପ୍ରତି ସଚେତନ ହୋଇ କିଣାକିଣି କରିବା ଆରମ୍ଭ କରିଛନ୍ତି। ପ୍ରାଥମିକ ସମୟରେ ଅସାଧୁ ମହଜୁଦ କାରଣରୁ ଉପଭୋକ୍ତାଙ୍କ ଦ୍ୱାରା ମୁଖ୍ୟ ଖାଦ୍ୟସାମଗ୍ରୀ ବିପୁଳ ପରିମାଣରେ କିଣାକିଣି କରାଯିବା ପରିଲକ୍ଷିତ ହୋଇଛି ଏବଂ ଏ କ୍ଷେତ୍ରରେ ଦୀର୍ଘସୂତ୍ରୀ ଅଭିବୃଦ୍ଧି ଅପରିବର୍ତ୍ତିତ ରହିବା ମନେ କରାଯାଉଛି। ସ୍ୱାସ୍ଥ୍ୟରକ୍ଷା ଉତ୍ପାଦଗୁଡିକର ସୀମିତ ବ୍ୟବହାର ଏବଂ ଟୁଥପେଷ୍ଟ, ଫେସଓ୍ୱାଶ୍, ସାମ୍ପୁ ଭଳି ଅନ୍ୟ ସ୍ୱାସ୍ଥ୍ୟରକ୍ଷା ବର୍ଗର ଉତ୍ପାଦଗୁଡିକରେ ସେଭଳି ବୃଦ୍ଧି ଲକ୍ଷ୍ୟ କରାଯାଇନାହିଁ। ପ୍ୟାକେଟରେ ଆସୁଥବା ଖାଦ୍ୟସାମଗ୍ରୀ ଚାହିଦା ଆଶାତୀତ ବୃଦ୍ଧିଘଟିଛି ଏବଂ ନିକଟରେ ଜଣେ ବିସ୍କୁଟ ଉତ୍ପାଦନକାରୀଙ୍କ କହିବା ଅନୁଯାୟୀ ସେମାନେ ଅଶୀବର୍ଷ ମଧ୍ୟରେ ଯେତିକି ବ୍ୟବସାୟ କରିନଥିଲେ ତାହା ଚଳିତ ମାସଗୁଡିକରେ କରିଛନ୍ତି। ତେବେ ଏହି ଧାରା ଜାରି ରହିବ ବୋଲି ଆମେ ମନେକରିପାରିବା ନାହିଁ। ଡିଏସ୍‌ପି ଏମଏଫର ଭିଜନ ୧୦/୨୦ ବର୍ଗରେ ଏହା ସ୍ଥାନ ପାଇଛି। ସାମ୍ପ୍ରତିକ ସ୍ଥିତିରେ ଲୋକେ ବାହାରେ ଖାଇବା ବନ୍ଦ କରିଦେଇଛନ୍ତି। ମହାମାରୀ ସମୟରେ ଅନ୍‌ଲାଇନ ସାମଗ୍ରୀ ଯୋଗାଣ ଗୁରୁତର ପ୍ରଭାବିତ ହୋଇଥିଲା ଏବଂ ଏହିସବୁ ରୋଷଶାଳା ବନ୍ଦ ହୋଇଯାଇଥିଲା। ଖୁଚୁରା ବ୍ୟବସାୟ ମଧ୍ୟ ପ୍ରଭାବିତ ହୋଇଥିଲା, ଯଦିଓ ସମ୍ପ୍ରତି ଏଥିରେ ପୁନରୁଦ୍ଧାର ଘଟିବାର କେତେକ ସୂଚନା ମିଳୁଛି। ତେଣୁ ଏହି ଶ୍ରେଣୀଗୁଡିକ ପୂର୍ବ ଅବସ୍ଥାକୁ ଫେରିବା ନିମନ୍ତେ କିଛି ସମୟ ଲାଗିବ ଏବଂ ଉପଭୋକ୍ତାଙ୍କର ବିଶ୍ୱାସ ଫେରାଇ ଆଣିବା ସହିତ ସେମାନଙ୍କ ଆସ୍ଥା ଜିତିବା ଏ କ୍ଷେତ୍ରରେ ଗୁରୁତ୍ୱପୂର୍ଣ୍ଣ ହେବ। ତତ୍‌ସହିତ ସମ୍ପ୍ରତି ଚଳଚ୍ଚିତ୍ରଗୁଡିକ ଅନ୍‌ଲାଇନ ପ୍ଲାଟଫର୍ମରେ ମୁକ୍ତିଲାଭ କରୁଥିବାରୁ ମଲ୍‌ଟିପ୍ଲେକ୍ସଗୁଡିକ ପ୍ରଭାବିତ ହେବ। ବିମାନରେ ଆବଦ୍ଧ ପରିବେଶ ସହିତ ଯାତ୍ରୀମାନେ ପାଖାପାଖି ବସୁଥିବାରୁ ନିୟମିତ ଯାତ୍ରୀବାହୀ ବିମାନ ଚଳାଚଳ ସ୍ୱାଭାବିକ ହେବାକୁ ଆଉ କିଛିଦିନ ଲାଗିପାରେ। କୋଭିଡ ଓ ଅଣ କୋଭିଡ ଚିକିତ୍ସା ନିମନ୍ତେ ରାଜ୍ୟ ସରକାରମାନେ ମୂଲ୍ୟ ସ୍ଥିର କରୁଥିବାରୁ ହସପିଟାଲଗୁଡିକରେ ଘରୋଇ ନିବେଶ ପ୍ରଭାବିତ ହୋଇପାରେ ବୋଲି କୁହାଯାଇଛି। ବ୍ୟାଙ୍କଗୁଡିକ ମଧ୍ୟ ମୋରାଟୋରିୟମକୁ ନେଇ ଆଗକୁ ବଢିବା ସମ୍ପର୍କରେ ଶିକ୍ଷାଲାଭ କରୁଛନ୍ତି ଏବଂ ଏହାଦ୍ୱାରା କେତେ ପ୍ରତିଶତ ଅର୍ଥ ପୁନର୍ଗଠନ କରାଯିବ, ତାହା ଦେଖିବାକୁ ବାକି ରହିଛି। ଏହା ଭିଜନ ୫/୨୦ରେ ସ୍ଥାନିତ ହୋଇଛି। ଡିଏସ୍‌ପିର ପୋର୍ଟଫୋଲିଓର ମୁଖ୍ୟଭାଗ ଉଚ୍ଚ ଏବଂ ନିମ୍ନ ଦୃଶ୍ୟମାନ କ୍ଷେତ୍ରରେ ଥିବା କମ୍ପାନୀଗୁଡିକୁ ନେଇ ପ୍ରସ୍ତୁତ। ଡିଏସ୍‌ପି ଏମଏଫ୍‌ର ବିଶ୍ୱାସ ଯେ କମ୍ ପରିମାଣର ଋଣ ସହିତ ଅଧିକ ଅର୍ଥ ପ୍ରବାହ ବ୍ୟବସ୍ଥା ସୃଷ୍ଟି ଦୀର୍ଘସୂତ୍ରୀ ଆକାରରେ ଉତ୍ତମ ଭାବେ କାର୍ଯ୍ୟ କରିଥାଏ ଏବଂ ଆମେ ସମ୍ପ୍ରତି ଯାହା ଦେଖୁଛୁ ସଙ୍କଟ ସମୟରେ ଏହା ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ ବିବେଚିତ ହୁଏ। ମାତ୍ରାଧିକ ଋଣକୁ ନେଇ ଭାରାକ୍ରାନ୍ତ ଅଥବା ସ୍ୱଳ୍ପ ଅର୍ଥ ପ୍ରବାହ ବ୍ୟବସ୍ଥା ଥିବା କମ୍ପାନୀଗୁଡିକ ହୁଏତ ସଫଳତାର ସହିତ ପ୍ରତିଦ୍ୱନ୍ଦ୍ୱିତା କରିବା ନେଇ ସମସ୍ୟାର ସମ୍ମୁଖୀନ ହୋଇପାରନ୍ତି।




## ସ୍ୱାୟତ୍ତ ଶାସନ ଦିବସର ତାତ୍ପର୍ଯ୍ୟ

ସ୍ୱାଧୀନ ରାଷ୍ଟ୍ରରେ ସ୍ୱାୟତ୍ତ ଶାସନ ଅନୁଷ୍ଠାନ ହେଉଛି ସମ୍ପର୍କର ଡୋରୀ। ଆମ ଭାରତବର୍ଷରେ ଏହାର ଇତିହାସ ଅତି ପ୍ରାଚୀନ। ଅତିତ ପୃଷ୍ଠାକୁ ରୋମନ୍ଥନ କଲେ ଜଣାପଡେ ପ୍ରତ୍ୟେକ ଗ୍ରାମରେ ଗ୍ରାମସଭା ଓ ପଲ୍ଲୀସଭା ରହିଥିଲା। ଏପରିକି ତାମ୍ର ଯୁଗ ଓ ଲୌହଯୁଗରେ ମଧ୍ୟ ଗାଁ ମୁଖିଆ ଥିଲେ। ଗାଁ ମୁଖିଆମାନଙ୍କୁ ଯଥୋଚିତ ସମ୍ମାନ ଦିଆଯାଉଥିଲା। ସେମାନଙ୍କର ବାକ୍ୟ ସମସ୍ତଙ୍କ ପାଇଁ ଶିରୋଧାର୍ଯ୍ୟ ଥିଲା। ପରାଧୀନ ଭାରତରେ ୧୬୮୮, ୧୭୭୦, ୧୭୯୩ ମସିହାରେ ଚନ୍ନାଇ, କୋଲକତା, ଓ ମୁମ୍ବାଇରେ ଇଷ୍ଟ ଇଣ୍ଡିଆ କମ୍ପାନୀ ତିନୋଟି ନିଗମ ପ୍ରତିଷ୍ଠା କରିଥିଲେ। କିନ୍ତୁ ସ୍ଥାନୀୟ ଜନସାଧାରଣ ସେଥିରେ ପ୍ରତ୍ୟକ୍ଷ ଭାବରେ ଅଂଶଗ୍ରହଣ କରିନଥିଲେ।

ଲର୍ଡ ମେୟୋଙ୍କ ଶାସନ କାଳରେ ସ୍ୱାୟତ ଶାସନ ସଂସ୍ଥା ଜନ୍ମ ନେଲା। ପ୍ରାଦେଶିକ ସରକାରଙ୍କୁ ଲୋକାଲ ବୋର୍ଡ ଗଠନ କରିବା ପାଇଁ ନିର୍ଦ୍ଦେଶ ମିଳିଲା। ସେତେବେଳେ ଏହି ସଂସ୍ଥା ପ୍ରତ୍ୟକ ଜିଲ୍ଲାରେ ସ୍ୱାଧୀନ ଭାବରେ ଶାସନ ପରିଚାଳନା କରୁଥିଲେ। ଏଥିରେ ଏକ ତୃତୀୟାଂଶ ସରକାରୀ ଏବଂ ସ୍ଥାନୀୟ ଜନସାଧାରଣ ଉପସ୍ଥିତ ରହୁଥିଲେ। ଲର୍ଡ ମେୟୋଙ୍କ ପରିକଳ୍ପନା ଭାରତରେ ସ୍ୱାୟତ ଶାସନ ସଂସ୍ଥା ଲାଗି ଏକ ଯୁଗାନ୍ତକାରୀ ପଦକ୍ଷେପ ଥିଲା। ପରବ ୀ ସମୟରେ ଲର୍ଡ ରିପନଙ୍କ ପରାମର୍ଶକ୍ରମେ ବ୍ରିଟିଶ୍ କ୍ରାଉନ ସ୍ୱାୟତ୍ତ ଶାସନ ସଂସ୍ଥାକୁ ଅନୁମୋଦନ କଲେ। ଭାରତରେ ସ୍ୱାୟତ୍ତ ଶାସନ ସଂସ୍ଥାର ମୂଳଭି ି ସ୍ଥାପିତ ହେଲା।

ଏହି ପରିପ୍ରେକ୍ଷୀରେ ଓଡିଶା କଥା ବିଚାରକୁ ନେଲେ ଜଣାପଡେ-୧୯୫୧ ମସିହାରେ ଓଡିଶାରେ ସହର ସଂଖ୍ୟା ଥିଲା ୧୯। ୨୦୦୩ ମସିହାରେ ଏହି ସଂଖ୍ୟା ବଢି ୧୦୩କୁ ବୃଦ୍ଧି ପାଇଲା। ଜନସଂଖ୍ୟାର ବିସ୍ଫୋରଣ ଏବଂ ସହର ବାସିନ୍ଦାଙ୍କ ସଂଖ୍ୟା ଦ୍ରୁତ ଗତିରେ ବଢି ଚାଲିଲା। ଗ୍ରାମାଂଚଳ ଛାଡି ବହୁ ସଂଖ୍ୟକ ଲୋକ ସହରାଭିମୁଖୀ ହେଲେ। କାରଣ ସହରରେ ସମସ୍ତ ପ୍ରକାର ସୁବିଧା ସୁଯୋଗ ସୁଲଭ୍ୟ ହେଲା। କିନ୍ତୁ ବର୍ଦ୍ଧିତ ଜନସଂଖ୍ୟା ଯୋଗୁଁ ପାନୀୟ ଜଳ ଯୋଗାଣ, ଗୃହ ଯୋଗାଣ ଓ ଆବର୍ଜନା ନିଷ୍କାସନ ଜଟିଳ ସମସ୍ୟା ସୃଷ୍ଟି କଲା। ସହରୀ ଜୀବନ ଅଶାନ୍ତ ଓ ଅସୁବିଧା ହୋଇଉଠିଲା। ଏହାକୁ ସମାଧାନ କରିବା ପାଇଁ ସ୍ୱାୟତ୍ତ ଶାସନ ସଂସ୍ଥା ଗୁଡିକ ବିଭିନ୍ନ କାର୍ଯ୍ୟକ୍ରମ ହାତକୁ ନେଲେ। ଜାତୀୟ ବସ୍ତି ଉନ୍ନୟନ କାର୍ଯ୍ୟକ୍ରମ ଆମ ରାଜ୍ୟରେ ୧୯୯୬-୯୭ରୁ କାର୍ଯ୍ୟକାରୀ ହେଉଛି। ବସ୍ତିରେ ବାସ କରୁଥିବା ଦରିଦ୍ର ଜନସାଧାରଣଙ୍କ ଶିକ୍ଷା ଓ ସ୍ୱାସ୍ଥ୍ୟର ଉନ୍ନତି ଲାଗି ଏହି କାର୍ଯ୍ୟକ୍ରମ କାର୍ଯ୍ୟକାରୀ ହେଉଛି। ଏଥିପାଇଁ କେନ୍ଦ୍ର ସରକାର ଅନୁଦାନ ଦେଉଛନ୍ତି। ମାତ୍ର ଏଥିପାଇଁ ଆସୁଥିବା ଧନରାଶିକୁ ଧଳାହାତୀ ତଥା କେତେକ ଅସତ୍ କର୍ମଚାରୀ ବାଟମାରଣା କରୁଛନ୍ତି। ସବୁଜାଣି ଆମର ଉପରିସ୍ଥ ହାକିମମାନେ ଜାଣି ନଜାଣିଲାଭଳି ଅଭିନୟ କରୁଛନ୍ତି। ବ ମାନର ସ୍ୱାୟତ ଶାସନ ବ୍ୟବସ୍ଥାକୁ ଦେଖିଲେ ସ୍ପଷ୍ଟ ଅନୁମେୟ ହୁଏ ଯେ ସ୍ୱ ଆୟ ରେ ଆଉ ଶାସନ ନାହିଁ!

ଏହି ଦିବସର ତାତ୍ପର୍ଯ୍ୟ ହେଉଛି, ଆମେ ଆମ ସହରକୁ ପରିଷ୍କାର ରଖିବା, ରାସ୍ତାକଡରେ ବୃକ୍ଷରୋପଣ କରିବା, ରାସ୍ତା ଅବରୋଧ କରବା ନାହିଁ, ଗୃହପାଳିତ ପଶୁକୁ ଜନଗହଳି ରାସ୍ତାକୁ ଛାଡିବା ନାହିଁ, ନିୟମିତ କର ପ୍ରଦାନ କରିବା। ସର୍ବଦା ମନେରଖିବା, ଯେଉଁ ସହରରେ ଆମେ ବାସ କରୁଛୁ, ସେ ସହର ଆମ ନିଜର, ଆପଣାର, ଅତି ଆପଣାର। ତା'ର ମଙ୍ଗଳ କାମନା କରିବା ଆମ ସମସ୍ତଙ୍କର କ ବ୍ୟ ହେବା ଆବଶ୍ୟକ।

## ପ୍ରବାସୀ ଓଡ଼ିଆମାନେ ଓଡ଼ିଶାର ଯଥାର୍ଥ ପ୍ରତିନିଧିତ୍ୱ କରନ୍ତୁ !



ଭୁବନେଶ୍ୱର (ପିଏନ୍)- ଓଡ଼ିଆ ଭାଷାରେ ଅନେକ ସାହିତ୍ୟ କୃ ି ଅଛି ଯାହା ଅନ୍ୟ ଭାଷାରେ ଅନୁବାଦ ହୋଇ ପାରିଲେ ଓଡ଼ିଆ ଭାଷା ଓ ସାହିତ୍ୟ ବିଶେଷ ସମ୍ମାନ ଓ ସ୍ୱୀକୃତିଲାଭ କରିପାରିବ। ପ୍ରବାସୀ ଓଡିଆମାନେ ଓଡିଶାର ଯଥାର୍ଥ ପ୍ରତିନିଧିତ୍ୱ କରନ୍ତୁ ବୋଲି ଓଡ଼ିଶାର ବିଶିଷ୍ଟ କବି ତଥା ଓଡିଶା ରାଜ୍ୟପାଳଙ୍କର ମୁଖ୍ୟ ଲୋକସମ୍ପର୍କ ଅଧିକାରୀ ରକ୍ଷକ ନାୟକ ମୁମ୍ବାଇର ପ୍ରବାସୀ ଓଡିଆ ସାହିତ୍ୟ ସମାଜର ଆଭାଷୀ ସାହିତ୍ୟ ଉତ୍ସବକୁ ଉଦ୍‌ଘାଟନ କରି ମତବ୍ୟକ୍ତ କରିଛନ୍ତି। ପ୍ରବାସୀ ସାହିତ୍ୟ ସଂସଦର ଶ୍ରୀମତୀ ମୈତ୍ରୀ କାମିଲାଙ୍କ ସଭାପତିତ୍ୱରେ ଓ ଅନୁଷ୍ଠାନର ମୁଖ୍ୟ ଉପଦେଷ୍ଟା ବିଶିଷ୍ଟ ସାହିତ୍ୟିକା ଶ୍ରୀମତୀ ବିଜୟଲକ୍ଷ୍ମୀ ମହାନ୍ତି ପଟ୍ଟନାୟକ ଓ ଶ୍ରୀମତୀ ପାରମିତା ଷଡଙ୍ଗୀଙ୍କ ସଂଯୋଜନାରେ ଅନୁଷ୍ଠିତ ଏହି ଆଭାଷୀ ସାହିତ୍ୟ ଉତ୍ସବ ଓ କବିତା ପାଠୋତ୍ସବରେ ସରେଇକଳା-ଖରସୁଆଁ ଓଡିଆ ବିଚ୍ଛିନ୍ନାଞ୍ଚଳର ରାଜକବି ହୀରେନ୍ଦ୍ର ସିଂହଦେବ ମୁଖ୍ୟ ଅତିଥି ଭାବେ ଯୋଗଦେଇ ବିଚ୍ଛିନ୍ନାଞ୍ଚଳ ଓଡିଆ ଭାଷା ସାହିତ୍ୟର ସ୍ଥିତି ସମ୍ପର୍କରେ ଆଲୋକପାତ କରିଥିଲେ। ଦେଶ ବିଦେଶରୁ ଯୋଗ ଦେଇଥିବା ଏହି ଆଭାଷୀ ସାହିତ୍ୟ ଉତ୍ସବରେ ଭୁବନେଶ୍ୱରର ବରିଷ୍ଠ ସାମ୍ବାଦିକ, କବି ତଥା ଚଲାପଥର ସମ୍ପାଦକ ହଳଧର ଧୀର, ଆମେରିକାର ଟୋରଣ୍ଟରୁ ଶ୍ରୀମତୀ ଚିତ୍ରା ପାତ୍ର, ଦୁବାଇରୁ ଶ୍ରୀମତୀ ଲୋପାମୁଦ୍ରା ମହାନ୍ତି, ଡକ୍ଟର ଦେବାଶିଷ ମହାପାତ୍ର, ସରୋଜାଲକ୍ଷ୍ମୀ ମହାନ୍ତି, ଜୟନ୍ତୀ ସାହୁ, ସଲିଳା ମହାନ୍ତି, ବିଜୟଲକ୍ଷ୍ମୀ ମହାନ୍ତି ପଟ୍ଟନାୟକ, ରାଜଲକ୍ଷ୍ମୀ ତ୍ରିପାଠୀ, କଳ୍ପନା ମିଶ୍ର, ଗୀତା ଷଡଙ୍ଗୀ, ମନୋରମା ମିଶ୍ର, ଅରୁଣ ମହାପାତ୍ର, ସ୍ନେହ ମିଶ୍ର, ବିଚ୍ଛିନ୍ନାଞ୍ଚଳ କବି ସତ୍ୟପ୍ରକାଶ କର, ପ୍ରତିମା ଷଡଙ୍ଗୀ, ଅରୁନ୍ଧତୀ ମହାନ୍ତି, ଶ୍ରୀମତୀ ମୈତ୍ରୀ କାମିଲା ପ୍ରମୁଖ ଯୋଗଦେଇ ସେମାନଙ୍କର ସ୍ୱରଚିତ କବିତା ପାଠ କରିଥିଲେ।

## ଯୋସ୍ ହୋପ ଫାଉଣ୍ଡସନ ପକ୍ଷରୁ ଚାରା ରୋପଣ

ଖୋର୍ଦ୍ଧା (ପିଏନ)- ମଣିଷ ବଂଚିବା ପାଇଁ ଅମ୍ଳଜାନର ନିହାତି ଆବଶ୍ୟକ ହେଉଥିବା ବେଳେ ସାଂପ୍ରତିକ ସମୟରେ ଗ୍ଲୋବାଲ ୱାର୍ମିଂ ଯୋଗୁଁ ଅଙ୍ଗାରକାମ୍ଳ ବହୁ ପରିମାଣରେ ବଢି ପୃଥିବୀ ଦିନକୁ ଦିନ ଧ୍ୱଂସାଭିମୁଖି ଆଡକୁ ଗତି କରୁଛି । ଏଭଳି ପରିସ୍ଥିତିରେ ପ୍ରତ୍ୟେକ ବ୍ୟକ୍ତି ଗଛଟିଏ ଜୀବନଟିଏକୁ ଲକ୍ଷ୍ୟ କରି ଯୋସ୍ ହୋପ ଫାଉଣ୍ଡେସନ ଟ୍ରଷ୍ଟ ପକ୍ଷରୁ ବାଜପୁର ପଂଚାୟତ ଅନ୍ତର୍ଗତ ବଣିଆଟାଙ୍ଗୀ,ରାଇରଙ୍ଗ ଗ୍ରାମର ମନ୍ଦିର,ଅଙ୍ଗବାଡି କେନ୍ଦ୍ର ଓ ବିଦ୍ୟାଳୟ ପରିସରରେ ଚାରା ରୋପଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା । ଏ ନେଇ ଅନୁଷ୍ଠାନର ଅଧ୍ୟକ୍ଷା ରୀନାରାଣୀ ନାୟକ,ସ୍ଥାନୀୟ ସରପଂଚ କେଦାର ନାଥ ପୃଷ୍ଟି ଅତିଥି ଭାବେ ଯୋଗ ଦେଇ ବୃକ୍ଷ ରୋପଣ କରିବା ସହ ଉତ୍ସାହିତ କରିଥିଲେ। ଅନୁଷ୍ଠାନର ସଦସ୍ୟ ସନ୍ତୋଷ ନାୟକ, ବିଜୟ କୁମାର କାଣ୍ଡି ଓ ବସନ୍ତ ନାୟକଙ୍କ ସମେତ ବିଦ୍ୟାଳୟର ଛାତ୍ରଛାତ୍ରୀମାନେ ସହଯୋଗ କରିଥିଲେ। ଏଥିରେ ହରିଡା, ବାହାଡା, ଅଁଳା, ବଉଳ, ନିମ୍ବ, କରଞ୍ଜ, ଅର୍ଜୁନ, ବେଲ, ଅଶୋକ ଓ ଗଙ୍ଗଶିଉଳି ସମେତ ବିଭିନ୍ନ ପ୍ରଜାତିର ୧୫୦ରୁ ଊର୍ଦ୍ଧ୍ୱ ଔଷଧୀୟ ଚାରା ରୋପଣ କରାଯାଇଥିଲା।

## ବାଲେଶ୍ୱରର ୩୦ ଲକ୍ଷ ଟଙ୍କା ଠକେଇ ମାମଲାରେ ନୂଆଦିଲ୍ଲୀରେ ଗିରଫ ହେଲେ ଦୁଇ ନାଇଜେରିୟ ନାଗରିକ

ବାଲେଶ୍ୱର (ପିଏନ୍)- ବାଲେଶ୍ୱରରୁ ୩୦ ଲକ୍ଷ ଟଙ୍କା ଠକେଇ ମାମଲାରେ ନୂଆଦିଲ୍ଲୀରୁ ଦୁଇ ନାଇଜେରିୟ ନାଗରିକ ଗିରଫ ହୋଇଛନ୍ତି। ସେମାନଙ୍କ ନିକଟରୁ ଗୋଟିଏ କାର, ୨ ଲାପ୍‌ଟପ୍, ୭ଟି ମୋବାଇଲ, ସୁନାଗହଣା ଜବତ କରାଯାଇଛି। ପୂର୍ବରୁ ଏହି ମାମଲାରେ ଜଣେ ଅଭିଯୁକ୍ତକୁ ଗିରଫ କରାଯାଇଥିଲା। ଉଲ୍ଲେଖଯୋଗ୍ୟ ଯେ ଅଭିଯୁକ୍ତ ୨୦୨୨ ଏପ୍ରିଲ ମାସ ୧୩ ତାରିଖରେ ସହଦେବ ଖୁଣ୍ଟା ଥାନା ବାଲିଆ ଅଞ୍ଚଳରେ ଜଣେ ଅବସରପ୍ରାପ୍ତ କର୍ମଚାରୀଙ୍କ ଏକ ନକଲି ଫେସ୍‌ବୁକ ଏକାଉଣ୍ଟ ଜରିଆରେ ବନ୍ଧୁତା ସ୍ଥାପନ କରି ୩୦ ଲକ୍ଷ ଟଙ୍କା ଲୁଟି ନେଇଥିବା ଅଭିଯୋଗ ହୋଇଥିଲା। ସାଇବର ଥାନାରେ ଅଭିଯୋଗ କରିବା ପରେ ଆଇ.ଆଇ.ସି ମୀନା ବିନ୍ଧାଣୀ ଅଭିଯୁକ୍ତର ବ୍ୟାଙ୍କ ଏକାଉଣ୍ଟକୁ ଅଚଳ କରିଥିଲେ। ବହୁ ଖୋଳତାଡ଼ ପରେ ଶେଷରେ ଏହି ନାଇଜେରିୟ ଠକ ପାଖରେ ପହଞ୍ଚିଥିଲା ପୁଲିସ। ଦିଲ୍ଲୀରୁ ଠକ ସାମ୍‌ସନକୁ ଗିରଫ ପରେ ୩ ଦିନିଆ ଟ୍ରାଞ୍ଜିଟ୍ ରିମାଣ୍ଡୋରେ ବାଲେଶ୍ୱର ଅଣାଯାଇଥିଲା। ସେ ଗତ ଏକବର୍ଷ ହେବ ଦିଲ୍ଲୀର କିସନଗଡ଼ରେ ରହି ସାଇବର ଅପରାଧରେ ଲିପ୍ତ ଥିଲା। ଏହି ଉପାୟରେ ୧୦୦ରୁ ଅଧିକ ଲୋକଙ୍କୁ ଫସାଇ ଲକ୍ଷାଧିକ ଟଙ୍କା ଲୁଟ୍ କରିଥିଲା। ପୁଲିସ ତା' ପାଖରୁ ଏକ ମୋବାଇଲ ଲାପ୍‌ଟପ୍ ଓ କିଛି ନକଲି ସିମ୍ ଜବତ କରିଥିଲା। ୨୦୧୮ ମସିହାରୁ ତା'ର ପାସପୋର୍ଟ ବୈଧତା ସରିଯାଇଥିଲେ ମଧ ସେ ନକଲି ପାସପୋର୍ଟ ରଖି ଭାରତରେ ରହୁଥିଲା। ଏହି ମାମଲାର ରିମାୟୁକଲ୍ ନାମନି ଏଲିଆସ କେଲ୍‌ଭିନ ଓଟୁସରୋ ନାମନି (୩୫) ସେ ତାର ସ୍ତ୍ରୀ ଟି. ସୁଚିମ ତିଖୀର (୩୨) (ନାଗାଲାଣ୍ଡ) ଦିଲ୍ଲୀ ମଇଦାନ ଗୋଡ଼ିରୁ ଗିରଫ କରାଯାଇଛି। ତଦନ୍ତରୁ ଜଣାପଡ଼ିଛି ଯେ ଇମାୟୁନେଲ ନାମନି ହ୍ୱାଟ୍ସଆପ ଜରିଆରେ ବିଭିନ୍ନ ଦଫା ସହ ଫେକ ଫେସବୁକ୍ ଆଇଡିରେ ୟୁକେର ବିଦେଶୀ ମହିଳାଙ୍କ ନାମରେ ବନ୍ଧୁତା ସ୍ଥାପନ କରୁଥିଲା। ତାର ସ୍ତ୍ରୀ ଟି.ସୁଚିଂ ତିଖୀର ନିଜକୁ କଷ୍ଟମ ଅଫିସରର ପରିଚୟ ଦେଇ ଉପହାର ସାମଗ୍ରି ସେମାନଙ୍କ ଠିକଣାରେ ପଠାଇଦେବ ଏବଂ କଷ୍ଟିଂ ପାଉଣା ଦେବା ପାଇଁ ଧମକାଉଥିଲା। ସେମାନଙ୍କ ନିକଟରୁ ଦୁଇଟି ଲାପ୍‌ଟପ୍, ଗୋଟିଏ ହୁଣ୍ଡା ୧-୨୦ କାର, ଏକଟି ଡଙ୍ଗଲ, ଦୁଇଟି ନକଲି ପାସପୋର୍ଟ ସୁଚିମ ତିଖୀର ନାମରେ ଥିବା ଗୋଟିଏ ଷ୍ଟେଟବ୍ୟାଙ୍କ ପାସବୁକ୍, ଦୁଇଟି ସୁନାଚେନ୍, ଗୋଟଏ ମୁଦି, ୭ଟି ମୋବାଇଲ ଫୋନ୍ ଜବତ କରାଯାଇଛି। ସାଇବର ଓ ପୁଲିସ କେସ ନଂ ୪/୧୩/୬/୨୨ ଦଫା ୪୧୯/୪୨୦/୪୬୫/ ୪୬୭/୪୬୮/୧୨୦ (ବି) ଧାରା ୬୬ (ସ)/ ୬୬(ଡି) ମାମଲା ରୁଜୁ କରାଯାଇଥିଲା। ଆହୁରି ତଦନ୍ତ ଜାରି ରହିଛି ବୋଲି ପୁଲିସ ସୂତ୍ରରୁ ପ୍ରକାଶ।

## 'ଜାତୀୟ ପୁସ୍ତକପ୍ରେମୀ' ଦିବସ ପାଳିତ

ବାଲେଶ୍ୱର (ପିଏନ୍)-ଡ଼. ଭାଗବତ ପ୍ରସାଦ ଦାସଙ୍କ ଦ୍ୱାରା ପ୍ରତିଷ୍ଠିତ ସୀତାସୁରେନ୍ଦ୍ର ପାଠାଗାର ଆନୁକୂଲ୍ୟରେ 'ଜାତୀୟ ପୁସ୍ତକପ୍ରେମୀ ଦିବସ' ପାଳିତ ହୋଇଯାଇଛି। କବି ନିରଞ୍ଜନ ସାହୁଙ୍କ ପୌରୋହିତ୍ୟରେ ମୁଖ୍ୟ ଅତିଥି ଭାବେ ଶଶୀରଞ୍ଜନ ମଲ୍ଲିକ, ମୁଖ୍ୟବକ୍ତା ସରୋଜ କୁମାର ବେହେରା, କାର୍ଯ୍ୟନିର୍ବାହୀ ଅଧିକାରୀ ଗୋପିନାଥ ସଙ୍କର, ସମ୍ମାନୀୟ ଅତିଥି, ଡ. ନରୋ ମ ପରିଡ଼ା, ଯୋଗେଶ ଚନ୍ଦ୍ର ବେହେରା, ଔପନ୍ୟାସିକ ରମେଶ ଚନ୍ଦ୍ର ମହାରଣା, ଗୀତିକାର ରବୀନ୍ଦ୍ର କୁମାର ବିଶ୍ୱାଳ ପ୍ରମୁଖ ଯୋଗଦେଇ ପୁସ୍ତକ ହିଁ ନିଃସ୍ୱାର୍ଥପର ତଥା ପୁସ୍ତକ ପଠନ ମନ ଓ ହୃଦୟରେ ଅପାର ଆନନ୍ଦ ଦେବାରେ ପ୍ରେରଣାର ଉତ୍ସ ପାଲଟି ଯାଏ ବୋଲି ମତବ୍ୟକ୍ତ କରିଥିଲେ। ପୁସ୍ତକପ୍ରେମୀ ଡ. ଦାସ ପୁସ୍ତକ ସଂଗ୍ରହ ତାର ପଠନ ଓ ପୁସ୍ତକର ରକ୍ଷଣାବେକ୍ଷଣା ଏକ ତପସ୍ୟା ଓ ସାଧନା ବୋଲି ମତ ଦେଇଥିଲେ। ନାଟ୍ୟକାର ପ୍ରଦୀପ କୁମାର ମିଶ୍ର ଅତିଥି ପରିଚୟ, ସଂଗୀତ ଗୁରୁ ରେମେନ୍ଦ୍ର ମହାପାତ୍ର ସ୍ୱାଗତ ସଂଗୀତ ସି.ଆର.ସି.ସି ରାଧାରଞ୍ଜନ ଦାସ ସ୍ୱାଗତ ଭାଷଣ ଓ ଶାନ୍ତିଲତା ମହାନ୍ତି ଧନ୍ୟବାଦ ଅର୍ପଣ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ପ୍ରଭାକର ସାହୁ ପଦ୍ମଲୋଚନ ପଣ୍ଡା ନରେନ୍ଦ୍ର ବେହେରା, ସତ୍ୟନାରାୟଣ ରଣା, ସାରଦାନନ୍ଦ , ଆନନ୍ଦ ରଞ୍ଜନ ଜେନା, ହରିହର ସାହୁ, କବିୟତ୍ରୀ ବାସନ୍ତୀ ଦାସ, ମିନତୀ ପାତ୍ର, ଉତ୍କଳିକା ସାହୁ ପ୍ରମୁଖ ଉପସ୍ଥିତ ଥିଲେ। କାର୍ଯ୍ୟକ୍ରମକୁ ପରିଚାଳନାରେ ଅର୍ପିତା ଦାସ, ଦେବାଶିଷ ମିଶ୍ର, ଚକ୍ରଧର ଦାସ ସହାୟତା କରିଥିଲେ।

## ବିଶ୍ୱ ବନ୍ଧୁତ୍ୱ ଦିବସରେ ବୃକ୍ଷରୋପଣ

ବାଲେଶ୍ୱର (ପିଏନ୍)- ବାଲେଶ୍ୱର ରେମୁଣା ବ୍ଲକ ସେରଗଡ଼ ଗ୍ରାମରେ ପୁରାଣ ପ୍ରସିଦ୍ଧ ଖଜିରେଶ୍ୱର ପୀଠରେ ବାପାଙ୍କ ସ୍ମୃତିରେ ଗଢ଼ା ହିମାଂଶୁ ହରି ଫାଉଣ୍ଡେସନର ଏକ ସ୍ୱତନ୍ତ୍ର କାର୍ଯ୍ୟକ୍ରମରେ ନିଜେ ହରି ପ୍ଲାଷ୍ଟର ପରିଚାଳନା ନିର୍ଦ୍ଦେଶକ ଯୁବ ଶିଳ୍ପୋଦୋଗୀ ସଂଗ୍ରାମ ଦାସ ବିଶ୍ୱ ବନ୍ଧୁତ୍ୱ ଦିବସରେ 'ବୃକ୍ଷ ଆମର ବନ୍ଧୁ' ଶୀର୍ଷକ ଆଲୋଚନାଚକ୍ର ଓ ବୃକ୍ଷରୋପଣ କାର୍ଯ୍ୟକ୍ରମରେ ଯୋଗଦାନ କରି ମନ୍ଦିର ପରିସରରେ ବିଲ୍ୱ, ଚମ୍ପା, ଚନ୍ଦନ, ଧାତ୍ରୀଅଁଳା, ବିଭିନ୍ନ ରଙ୍ଗର କଞ୍ଚନ, ନାଗେଶ୍ୱର ଚମ୍ପା, ପିଜୁଳି ଆଦି ଅନେକ ଚାରା ରୋପଣ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ମନ୍ଦିର ପୂଜକ ଅଜୟ କୁମାର ପଣ୍ଡା, ସମାଜସେବୀ ଗୋବିନ୍ଦ ଦାସ, ଡମ୍ବରୁ ଚଣ୍ଡ, ମାନବାଧୀକାର କର୍ମୀ ସୁଧାକର ସେଠୀ, ଆଇନଜିବୀ ସୋଭନା ମହାନ୍ତି, ସୁଶାନ୍ତ ପରିଡ଼ା, ରଣଜିତ ପୃଷ୍ଟି, ସଂଯୁକ୍ତା ରାଣୀ ବେହେରା ବୃକ୍ଷ ରୋପଣ କରିବା ସହ ନିଜ ନିଜର ବକ୍ତବ୍ୟ ରଖିଥିଲେ। ମନ୍ଦିର ପରିଚାଳନା କମିଟିର କର୍ମକ ା ସମସ୍ତ ସହଯୋଗ କରିଥିବା ବେଳେ ଭବାନୀଶଙ୍କର ପଣ୍ଡା, ଉପେନ୍ଦ୍ର ମଙ୍ଗଳ, ଗୋବିନ୍ଦ ମଲ୍ଲିକ, ସନାତନ ମଲ୍ଲିକ, ରତିକାନ୍ତ ବେହେରା, ତ୍ରିଲୋଚନ ବେହେରା, ଅଜୟ ଦାସ, ପ୍ରଦୀପ ଦାସ, ରାଜୁ ଦାସ ପ୍ରତିକୂଳ ପରିବେଶରେ ବି ବିଭିନ୍ନ ଅଞ୍ଚଳରୁ ହିମାଂଶୁ ପ୍ରେମୀଙ୍କ ଭିଡ଼ ଜମିଥିଲା। ବୃକ୍ଷର ସୁରକ୍ଷା ପାଇଁ ଶପଥ ସମସ୍ତେ ନେଇଥିଲେ। ଶେଷରେ ଅନୁଷ୍ଠାନ ତରଫରୁ ମିଷ୍ଟାନ ବଣ୍ଟନ ହୋଇଥିଲା।

## ସ୍କୁଲ ମଧ୍ୟାହ୍ନ ଭୋଜନର ମାନ ପରଖିଲେ ସରପଂଚ

ଧର୍ମଶାଳା (ପିଏନ୍): ଧର୍ମଶାଳା ବ୍ଲକ ଥାନୁଆଳ ଗ୍ରାମପଂଚାୟତର ସରପଂଚ ସ୍ଥାନୀୟ ଅଂଚଳର ଏକ ବିଦ୍ୟାଳୟ ପରିଦର୍ଶନ କରି ଛାତ୍ରଛାତ୍ରୀଙ୍କ ପାଇଁ ରୋଷେଇ ହୋଇଥିବା ଖାଦ୍ୟର ମାନ ପରିଖିଛନ୍ତି। ସୂଚନା ମୁତାବକ ଥାନୁଆଳ ସରପଂଚ ନର୍ମଦା ସ୍ୱାଇଁ ନିଜ ପଂଚାୟତ ଅଧିନରେ ଆସୁଥିବା ମୁରାରୀପୁରସ୍ଥିତ ଗୋପାଳଜିୟୁ ନୋଡାଲ ଉଚ୍ଚ ବିଦ୍ୟାଳୟକୁ ଅଚାନକ ଭାବେ ଯାଇ ସେଠାରେ ଛାତ୍ରଛାତ୍ରୀ ମାନଙ୍କ ପାଇଁ ପ୍ରସ୍ତୁତ ହେଉଥିବା ଖାଦ୍ୟର ମାନ ପରଖିବା ସହିତ ଛାତ୍ରଛାତ୍ରୀମାନଙ୍କ ସହିତ ମିଶି ରନ୍ଧାଯାଇଥିବା ମଧ୍ୟାହ୍ନ ଭୋଜନକୁ ଖାଇଥିଲେ।

## ଅନ୍ୱେଷଣ ଥିଏଟର ଗ୍ରୁପ ପକ୍ଷରୁ ଅମୃତ ମହୋତ୍ସବ ଓ ସ୍ୱାଧୀନତା ଦିବସ ପାଳିତ

ଯାଜପୁର (ପିଏନ୍): ଯାଜପୁରର ଅଗ୍ରଣୀ ସାଂସ୍କୃତିକ ଓ ସ୍ୱେଚ୍ଛାସେବୀ ସଂଗଠନ ଅନ୍ୱେଷଣ ଥିଏଟର ଗ୍ରୁପ ପକ୍ଷରୁ ସ୍ୱାଧୀନତା ଦିବସ ୭୫ତମ ପୂ ି ଅମୃତ ମହୋତ୍ସବ ଓ ୭୬ ତମ ସ୍ୱାଧୀନତା ଦିବସ ମହା-ସମାରୋହରେ ଅନୁଷ୍ଠାନର ସଭାପତି ବୃନ୍ଦାବନ ମିଶ୍ରଙ୍କ ସଭାପତିତ୍ୱରେ ପାଳିତ ହୋଇ ଯାଇଅଛି। ଉକ୍ତ କାର୍ଯ୍ୟକ୍ରମରେ ଯାଜପୁର ପୌରପାଳିକାର ପୌରାଧକ୍ଷା ରଞ୍ଜୁଲତା ହୋତା ଅନୁଷ୍ଠାନର ମୁଖ୍ୟ ଉପଦେଷ୍ଟା ରାଷ୍ଟ୍ରପତି ପୁରସ୍କାରପ୍ରାପ୍ତ ଶିକ୍ଷକ ପଣ୍ଡିତ ଭୂପତି ଭୂଷଣ ମିଶ୍ର, ଅନୁଷ୍ଠାନର ଉପଦେଷ୍ଟା ତଥା ଉତ୍କଳ ସାମ୍ବାଦିକ ସଂଘର ସଭାପତି ହରିହର ସ୍ୱାଇଁ ଯୋଗଦେଇ ତ୍ରିରଙ୍ଗା ପତାକା ଓ ମଟରସାଇକେଲ ଶୋଭଯାତ୍ରାକୁ ପତକା ଦେଖାଇ ଶୁଭାରମ୍ଭ କରିଥିଲେ। ଏହି ଶୋଭାଯାତ୍ରାରେ ମହାତ୍ମାଗାନ୍ଧୀ ଓ ଭାରତମାତା ଅନୁଷ୍ଠାନର ସଦସ୍ୟ ସୁକାନ୍ତ ରାଉତ ଓ ସଦସ୍ୟା ତପସ୍ୱୀନି ମଲ୍ଲିକ ସଜ୍ଜିତ ହୋଇଥିଲେ। ଯାଜପୁର ଟାଉନସ୍ଥିତ ଗାନ୍ଧୀଛକ ଠାରେ ମହାତ୍ମାଗାନ୍ଧୀଙ୍କ ପ୍ରତିମୂ ିରେ ଅତିଥିମାନେ ପୁଷ୍ପମାଲ୍ୟ ଦେଇ ଜାତୀୟ ସଂଗୀତ ଗାନକରି ଯାଜପୁର ସହର ପରିକ୍ରମା କରିଥିଲେ। ଅନୁଷ୍ଠାନର ଏହିପରି ଏକ ନିଆରା ଢଙ୍ଗର କାର୍ଯ୍ୟକ୍ରମକୁ ସାଧାରଣରେ ସ୍ୱାଗତ କରିବା ସହିତ ଭୂୟସୀ ପ୍ରଶଂସା କରାଯାଇଥିଲା। ସରକାରଙ୍କ ଏହିଭଳି ଜନହିତକର କାର୍ଯ୍ୟ ଅନୁଷ୍ଠାନ ନିଃସ୍ୱାର୍ଥପର ଭାବେ କରିଆସୁଅଛି ଏବଂ ଆଗାମୀ ଦିନରେ କରିବ ବୋଲି କର୍ମକ ାମାନେ ମତପୋଷଣ କରିଛନ୍ତି। ଏହି କାର୍ଯ୍ୟକ୍ରମରେ ଅନୁଷ୍ଠାନର ସାଂସ୍କୃତିକ ସମ୍ପାଦକ ଶଙ୍କର ସାହୁଙ୍କ ସମେତ ଅନୁଷ୍ଠାନର କର୍ମକ ା ଓ ସଦସ୍ୟ ସଦସ୍ୟା ଯୋଗଦେଇ କାର୍ଯ୍ୟକ୍ରମକୁ ସଫଳ କରିଥିଲେ।

## ସ୍ୱତନ୍ତ୍ର ରାଜ୍ୟ ମାନ୍ୟତା

ଆଜି ଉତ୍କଳ ଦିବସ। ଏକ ଜାତି, ରାଜ୍ୟ ସର୍ବୋପରି ଆମ ସମସ୍ତଙ୍କ ପାଇଁ ସ୍ୱାଭିମାନ, ଆତ୍ମ ସମ୍ମାନ, ଆତ୍ମ ମନ୍ଥନ, ଆତ୍ମ ଚିନ୍ତନର ଦିନଟି। ୧୯୩୬ ଏପ୍ରିଲ ୧ ତାରିଖ ଦିନ ଭାଷାଭିତ୍ତିରେ ଓଡ଼ିଶା ସ୍ୱତନ୍ତ୍ର ରାଜ୍ୟ ମାନ୍ୟତା ପାଇଲା। ଅନେକଙ୍କ ଧାରଣା ସ୍ୱତନ୍ତ୍ର ଓଡ଼ିଶା ପ୍ରଦେଶ ଗଠନ ସଂପର୍କରେ ସର୍ବପ୍ରଥମେ ଉତ୍କଳ ଗୌରବ ମଧୁସୂଦନ ଦାସ ଚିନ୍ତା କରିଥିଲେ। ବାସ୍ତବ କଥା ହେଉଛି ପଣ୍ଡିତ ନୀଳକଣ୍ଠ ଦାସ ଓଡ଼ିଆ ଭାଷାଭାଷୀ ଅଞ୍ଚଳକୁ ନେଇ ସ୍ୱତନ୍ତ୍ର ପ୍ରଦେଶ ଗଠନ ସଂପର୍କରେ ପ୍ରଥମେ ଦାବି ଉପସ୍ଥାପନ କରିଥିଲେ। ୧୯୨୭ ଫେବୃୟାରୀ ୮ ତାରିଖ ଦିନ ପଣ୍ଡିତ ନୀଳକଣ୍ଠ ପ୍ରସ୍ତାବ ଆକାରରେ ଏହି ଦାବି ପେସ୍ କରିଥିଲେ। ଅନେକ ଦିନ ନିଜ ପ୍ରସ୍ତାବ ଉପରେ ଅନୁଧ୍ୟାନ କରିବା ସହିତ ସେ ତତ୍କାଳୀନ ବ୍ୟବସ୍ଥାସଭା ଏବଂ ବିଭିନ୍ନ ଫୋରମ୍‌ରେ ସ୍ୱଭାବ ସୁଲଭ ଢ଼ଙ୍ଗରେ ଅକାଟ୍ୟ ଯୁକ୍ତି ଉପସ୍ଥାପନ କଲେ। ପରବର୍ଷ ୭ଜଣ ବ୍ରିଟିଶ ସାଂସଦକୁ ନେଇ ଗଠିତ ଭାରତୀୟ ସାମ୍ବିଧାନିକ ଆୟୋଗ ଭାରତ ଗସ୍ତରେ ଆସିଥିଲେ। ଏହି ଆୟୋଗର ଅଧ୍ୟକ୍ଷ ଥିଲେ ସାର୍ ଜନ୍ ସାଇମନ୍। ତାଙ୍କ ନାମାନୁସାରେ ଏହାକୁ ସାଇମନ କମିଶନ କୁହାଯାଏ। ସାଇମନ କମିଶନରେ ବ୍ରିଟେନର ଭାବି ପ୍ରଧାନମନ୍ତ୍ରୀ କ୍ଲିନେଟ୍ ଅଟ୍ଟଲୀ ମଧ ସଦସ୍ୟ ଥିଲେ। ଭାରତରେ ଶାସନ ସଂସ୍କାର ଅନୁଧ୍ୟାନ କରିବା ପାଇଁ ୧୯୨୭ ନଭେମ୍ବରରେ ବ୍ରିଟିଶ ସରକାର ସାଇମନ କମିଶନ ଗଠନ କରିଥିଲେ। ୧୯୨୮ ଫେବୃଆରୀ ୩ରେ କମିଶନ ବମ୍ବେରେ ପହଞ୍ଚିବା କ୍ଷଣି ଆରମ୍ଭ ହୋଇଥିଲା ବିକ୍ଷୋଭ। ଅବିଳମ୍ବେ ସାରା ଦେଶରେ ହରତାଳ ପାଳିତ ହେଲା। ବିଭିନ୍ନ ସ୍ଥାନରେ ହିଂସାକାଣ୍ଡ ଘଟିଲା। ସାରା ଦେଶ ସାଇମନ କମିଶନକୁ ବିରୋଧ କରୁଥିବା ବେଳେ ମଧୁସୂଦନ ଦାସଙ୍କ ନିର୍ଦ୍ଦେଶକ କ୍ରମେ ଅଳ୍ପ କେତେକ ଓଡ଼ିଆ ପାଟନା ରେଳ ଷ୍ଟେସନରେ ସାଇମନ କମିଶନକୁ ସ୍ୱାଗତ କରି ସ୍ୱତନ୍ତ୍ର ଓଡ଼ିଶା ପ୍ରଦେଶ ଗଠନ ପାଇଁ ଏକ ସ୍ମାରକ ପତ୍ର ଦେଇଥିଲେ। କମିଶନ ବ୍ରିଟେନ ଫେରିଯିବା ପରେ ୧୯୨୯ ମସିହାରେ ସ୍ୱତନ୍ତ୍ର ଓଡ଼ିଶା ପ୍ରଦେଶ ଗଠନ ପ୍ରସ୍ତାବ ଭାରତ ସରକାରଙ୍କ କ୍ୟାବିନେଟରେ ଆଲୋଚନା ପାଇଁ ଗୃହୀତ ହେଲା। ୧୯୩୧ରେ ଗଢାଗଲା ଓଡ଼ନେଲ କମିଟି। କମିଟିଙ୍କ ସମକ୍ଷରେ ପଣ୍ଡିତ ନୀଳକଣ୍ଠ ଗୋଟିଏ ଦୀର୍ଘ ସ୍ମାରକ ପତ୍ର ଉପସ୍ଥାପନ କରିଥିଲେ। ସେତେବେଳେ ସ୍ୱତନ୍ତ୍ର ଓଡ଼ିଶା ପ୍ରଦେଶ ଗଠନକୁ ବିରୋଧ କରିଥିଲେ କଂଗ୍ରେସ ନେତା ଡକ୍ଟର ରାଜେନ୍ଦ୍ର ପ୍ରସାଦ ଯେ ଦେଶ ସ୍ୱାଧୀନ ହେବା ପରେ ରାଷ୍ଟ୍ରପତି ହୋଇଥିଲେ। ଓଡ଼ନେଲ କମିଟିଙ୍କ ରିପୋର୍ଟ ଭିତ୍ତିରେ, ପୁରୀ, କଟକ, ଗଞ୍ଜାମ, ବାଲେଶ୍ୱର, ସମ୍ବଲପୁର ଓ କୋରାପୁଟ ଏହି ୬ଟି ଅଞ୍ଚଳକୁ ନେଇ ଓଡ଼ିଶା ପ୍ରଦେଶ ଗଠନ ହେବ ବୋଲି ତତ୍କାଳୀନ ଇଂରେଜ ସରକାର ନିଷ୍ପତ୍ତି ନେଲେ। ବରଂ ସେହି ନିଷ୍ପତ୍ତି ୧୯୩୬ ଏପ୍ରିଲ ୧ରେ କାର୍ଯ୍ୟକାରୀ ହେଲା। ରାଜ୍ୟର ପ୍ରଥମ ରାଜ୍ୟପାଳ ରୂପେ ଶପଥ ନେଲେ ସାର୍ ଅଷ୍ଟିନ୍ ହବାକ୍। ଫଳତଃ ଓଡ଼ିଶାର ସ୍କୁଲମାନଙ୍କରେ ଓଡ଼ିଆ ଶିକ୍ଷକ ନିଯୁକ୍ତି ପାଇଲେ। ଶାସନ କ୍ଷେତ୍ରରେ ମଧ ଶିକ୍ଷିତ ଓଡ଼ିଆମାନଙ୍କୁ ନିଯୁକ୍ତି ମିଳିଲା। ବର୍ତ୍ତମାନର ଓଡ଼ିଆମାନେ ହୁଏତ ବିଶ୍ୱାସ କରିବେ ନାହିଁ ଯେ ୧୯୨୦ ମସିହା ପର୍ଯ୍ୟନ୍ତ ଓଡ଼ିଶାର ହାଇସ୍କୁଲ ଗୁଡ଼ିକରେ ମୁଖ୍ୟତଃ ବଙ୍ଗୀୟ ଶିକ୍ଷକଙ୍କୁ ନିଯୁକ୍ତି ମିଳୁଥିଲା। କୋର୍ଟ କଚେରୀଗୁଡ଼ିକରେ ଓକିଲାମାନଙ୍କ ମଧ୍ୟରୁ ଅଧିକାଂଶ ଥିଲେ ବଙ୍ଗାଳୀ। ସେତେବେଳେ ଓଡ଼ିଆମାନଙ୍କ ବିରୋଧରେ ଯେଉଁ ଚକ୍ରାନ୍ତ ଚାଲିଥିଲା ଡାକ୍ତର ରାଜେନ୍ଦ୍ର ପ୍ରସାଦ ଥିଲେ ତାହାର ପୁରୋଭାଗରେ। ହିନ୍ଦୀ ଭାଷୀମାନେ ସମ୍ବଲପୁରରେ ହିନ୍ଦୀ ଏବଂ ବଙ୍ଗୀୟମାନେ ଓଡ଼ିଶାର ଅବଶିଷ୍ଟ ଇଲାକାରେ ବଙ୍ଗଳା ପ୍ରଚଳନ ପାଇଁ ଷଡ଼ଯନ୍ତ୍ର କରିଥିଲେ। ଏମାନଙ୍କ ଚକ୍ରାନ୍ତକୁ ପଣ୍ଡ କରିଥିବା ପ୍ରାତଃ ସ୍ମରଣୀୟ ବ୍ୟକ୍ତିମାନଙ୍କ ମଧ୍ୟରେ ନୀଳକଣ୍ଠ ଦାସ, ମଧୁସୂଦନ ଦାସ, ଫକୀରମୋହନ ସେନାପତି, ଗୋପବନ୍ଧୁ ଦାସ, ଗଙ୍ଗାଧର ମେହେର, କୃଷ୍ଣଚନ୍ଦ୍ର ଗଜପତି, ବାସୁଦେବ ସୁଢ଼ଳ ଦେବ ପ୍ରମୁଖ ଅନ୍ୟତମ। ଏମାନେ ପ୍ରଗାଢ଼ ଉଦ୍ୟମ ଜାରି ରଖି ନଥିଲେ ହୁଏତ ସ୍ୱତନ୍ତ୍ର ଓଡ଼ିଶା ପ୍ରଦେଶ ଗଠନ ବିଳମ୍ବିତ ହୋଇଥାନ୍ତା।


## DISPLAY CLASSIFIED

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10 c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS / ASTROLOGERS / VASTU EXPERTS ?
Contact :
Near Mukteswar Temple, Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.KG. & U.KG.
N-3B-14/15, Ekamra Kanan Road,Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

Prajnan Communication

Mahaditya Publication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.KG., U.KG., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com

